ସୁନ୍ଦର ସକାଳ







# ଟି ଟାଇମ୍

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଋଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

## ସବୁଠାରୁ ବଡ଼ ଦାନ

ତୃଷିତଙ୍କୁ ପାଣିଦେବା ଓ କ୍ଷୁଧିତକୁ ଭୋଜନ ଦେବା ଦୁନିଆର ସବୁଠୁ ବଡ଼ ଦାନ ବୋଲି ଶାସ୍ତ୍ର କହିଥାଏ । ଭୋଜନ ଦେବା ପରେ ଯଦି ଭୋକ ଶାନ୍ତ ହୋଇଯାଏ ତ ସବୁ ବସ୍ତୁ ସୁନ୍ଦର ଦେଖାଯାଏ । କିନ୍ତୁ ଦୁଇ-ତିନିଦିନର ଭୋକିଲା ଲୋକକୁ ଟଙ୍କା ବିଡ଼ା ଦିଅଯାଏ ଅଥବା ସୁନା,ରୂପା ଦେଲେ ମଧ୍ୟ ସେ ନିଜର ପେଟକୁ ଖାଇବା ପାଇଁ ଅନୁରୋଧ କରିଥାଏ । ତେବେ ପେଟ ପୂରିବା ପରେ ଯାଇ ତାକୁ ଧନ ଦୌଲତ ଭଲ ଲାଗିଥାଏ । ଭୋକିଲା ଲେକଙ୍କୁ ଖାଦ୍ୟ ଦରକାର ଟଙ୍କାର ବିଡ଼ା ନୁହେଁ । ପେଟର ଭୋକ ଶାନ୍ତ ହେବାପରେ ଯାଇ ଟଙ୍କା, ସୁନା, ଘର ଦ୍ୱାରା, ସ୍ତ୍ରୀ, ପୁତ୍ର, ଭୋଗ ଜାଗ୍ରତ ହୋଇଥାଏ । ଶୋଷ ଲାଗିଲେ ସାରା ଦୁନିଆଁ ମଧ୍ୟ ନୀରସ ଦେଖାଯାଏ । ଶୋଷରେ ବ୍ୟାକୁଳ ଲୋକ ଗୋଟିଏ ମାତ୍ର ଜିନିଷ ଆବଶ୍ୟକ କରେ ତାହା ହେଉଛି ପାଣି । ପାଣି ହିଁ ଜୀବନ ଅଟେ ପାଣି ନମିଳିଲେ ଜୀବନ ମୃତ୍ୟୁସମାନ ହୋଇଯାଏ । ସେଥିପାଇଁ କୁହାଯାଇଛି ଜଳହିଁ ଜୀବନ । ତେଣୁ ଏଥିପାଇଁ କୁହାଯାଏ ଯଦି ଭୋକିଲା ଲୋକକୁ କିଛି ଖାଦ୍ୟ କିମ୍ବା ଶୋଇଲା ଲୋକଙ୍କୁ ଜଳଦାନ କରାଯାଏ ତେବେ ତାହା ସର୍ବଶ୍ରେଷ୍ଠ ଦାନରେ ପରିଗଣତି ହୋଇଥାଏ, ଦାନ କରିଥିବା ବ୍ୟକ୍ତି ମୋକ୍ଷ ପ୍ରାପ୍ତି କରିଥାଏ ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି । ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ । ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ ।

# ପୁରାଣ କାହାଣୀ

## ପଣ୍ଡୁ ଓଷା



ମାର୍ଗଶିର ମାସର ପୂର୍ଣ୍ଣିମା ଦିନ ଏହି ଓଷା ପାଳନ କରାଯାଏ । ମାର୍ଗଶିର ପୂର୍ଣ୍ଣିମାକୁ ପଣ୍ଡୁ ପୂର୍ଣ୍ଣିମା ମଧ କୁହାଯାଏ । ଏହି ସମୟରେ ହେମନ୍ତ ଋତୁ ସରି, ଶୀତର ଆରମ୍ଭ ହେଉଥାଏ । ସକାଳୁ ସକାଳୁ କୁହୁଡି ହେତୁ ସର୍ବତ୍ର ଫିକାଧଳା ବା ପାଣ୍ଡୁରା ବର୍ଣ୍ଣ ଦିଶୁଥାଏ । ଏଣୁ ଏହି ପୂର୍ଣ୍ଣିମାର ନାଁ ପଣ୍ଡୁ ପୂର୍ଣ୍ଣିମା କୁହାଯାଏ । ବଡ ଓଷା ପରି ଏହି ବ୍ରତକୁ ଗଜ ବସାଇ ପାଳନ କରାଯାଏ । ନାରୀମାନେ ଏହି ବ୍ରତ ମାଧ୍ୟମରେ ଯମରାଜଙ୍କୁ ପୂଜା ବା ଉପାସନା କରନ୍ତି । ଏହାର ମୁଖ୍ୟ ଉଦ୍ଦେଶ୍ୟ ପୁତ୍ର ସନ୍ତାନ କାମନା । ଏହି ବ୍ରତ ପାଳନରେ କିଛି ସ୍ୱତନ୍ତ୍ର ବିଧି ରହିଛି । ଏଥି ପାଇଁ ଗୃହ ଚଟାଣକୁ ଗୋବରରେ ଚକ୍କଣ କରି ଲିପାଯାଏ । ଚିତା ଓ ମୁରୁଜ ତା' ଉପରେ ପକାଯାଏ । ଗଜକୁ ସ୍ଥାପନ କରାଯାଏ ଏବଂ ପୂଜନ ବିଶେଷକରି ପୁରୋହିତଙ୍କ ଦ୍ୱାରା ଯମରାଜଙ୍କୁ ଆବାହନ, ପୂଜନ ଏବଂ ନୈବେଦ୍ୟ ଅର୍ପଣ ପୂର୍ବକ ଭକ୍ତି ପ୍ରଣତି ବଢ଼ାଯାଏ । ଏହି ପୂଜାର ମୁଖ୍ୟ ଭୋଗ ହେଉଛି ମଣ୍ଡା ପିଠା । ପୂର୍ବ ପ୍ରସ୍ତୁତି ଅନୁଯାୟୀ ନୂଆ ଗୋବର ଲିପା ଟୋକେଇ ବା ପାଛିଆରେ ପୁରୁଣା ଧାନ ଆଣି ଢ଼ିଙ୍କିରେ କୁଟି ଚାଉଳ କରାଯାଏ । ଏହି ଚାଉଳକୁ ପୁଣି ଚୂନା କରି ସେଥିରେ ନଡିଆ ଦେଇ ନଡିଆ ମଣ୍ଡା କରାଯାଏ ଓ ପୂଜାଭୋଗ କରାଯାଏ । ଏହା ସହିତ ଖଇ, କଦଳୀ, ଫଳ ଏବଂ ଛେନା ଆଦି ଭୋଗ ମଧ ବଢ଼ାଯାଏ । ପଣ୍ଡୁଓଷା ଏକ ନିଷ୍ଠାର ବ୍ରତ । ନାରୀଜାତି ବିଶେଷ କରି ମା'ମାନଙ୍କ ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ ଅଟେ ।

## ପଠାଣି ସାମନ୍ତ



ଆଜିର ଦିନରେ ମହାମହୋପାଧ୍ୟାୟ ସାମନ୍ତ ଚନ୍ଦ୍ରଶେଖରଙ୍କ ଜନ୍ମ ଦିନ ପାଳନ କରାଯାଉଛି । ୧୮୩୫ ମସିହା ଡିସେମ୍ବର ୧୩ ତାରିଖରେ ପୌଷ କୃଷ୍ଣ ଅଷ୍ଟମୀ ତିଥିରେ ଚନ୍ଦ୍ରଶେଖର ଖଣ୍ଡପଡାର ଏକ ରାଜବଂଶରେ ଜନ୍ମ ଗ୍ରହଣ କରିଥିଲେ । ବହୁ ସନ୍ତାନ ନଷ୍ଟ ହୋଇଯିବା ପରେ ମାତାପିତା ଚନ୍ଦ୍ରଶେଖରଙ୍କର ଦୀର୍ଘାୟୀ ଓ ମଙ୍ଗଳ କାମନା କରିଥିଲେ । ପରେ ଖଣ୍ଡପଡା ନିକଟସ୍ଥା ଖୁଣ୍ଟୁପଡା ନିକଟସ୍ଥ ଖୁଣ୍ଟୁପଡା ଗ୍ରାମସ୍ଥିତ ମହାଦେବ ଶ୍ରୀ ଶ୍ରୀ ଚନ୍ଦ୍ରଶେକରଙ୍କ ପ୍ରସାଦରୁ ଏହି ବାଳକ ଜନ୍ମ ଗ୍ରହଣ କରିଥିବାର ବିଶ୍ୱାସ କରି ପିତାମାତା ତାଙ୍କର ନାମ ଚନ୍ଦ୍ରଶେଖର ରଖିଥିଲେ । ଡାକ ନାମ ତାଙ୍କର ପଠାଣି ବି ଥିଲା । ପଠାଣିଙ୍କର ପୂରା ନାମ ହେଉଛି ଚନ୍ଦ୍ରଶେଖର ସିଂହ ହରିଚନ୍ଦନ ମହାପାତ୍ର । ଚନ୍ଦ୍ରଶେଖର ପିଲାବେଳୁ ଉଦାସୀନ, ମନଯୋଗୀ, ଏକାଗ୍ରଚିତ୍ତ, ଅଧ୍ୟବସାୟୀ ଓ ଉଦାରମନା ଥିଲେ । ବିଚିତ୍ରବର୍ଣ୍ଣ । ବ୍ରହ୍ମଣ୍ଡର ନାକ୍ଷତ୍ରିକ ଗତିବିଧି ପ୍ରତି ଆକୃଷ୍ଟ ହୋଇଥିଲେ ସେ । ଜ୍ୟୋତିଷବିଦ୍ୟା ଜାଣିବା ପାଇଁ ଆଗ୍ରହୀ ହୋଇ ଦଶବର୍ଷ ବୟସରେ ପଠାଣି ନିଜ ବାପାଙ୍କ ଠାରୁ କିଛିରି ଜ୍ୟୋତିର୍ବିଜ୍ଞାନ ଶିଖିଥିଲେ । ସେତେବେଳେ ତାଙ୍କ ବାପା ଜଣେ ପ୍ରଧାନ ଗାଣିତିକ ଥିଲେ । ବାପାଙ୍କ ସହିତ ଗଣିତ ଜ୍ୟୋତିଷର ଆଲୋଚନା ମାଧ୍ୟମରେ ଶିକ୍ଷା ଲାଭ କରିଥିଲେ । ସେ ପୁରାତନ ଜ୍ୟୋତିଷ ଶାସ୍ତ୍ରମାନ ପର୍ଯ୍ୟାଲୋଚନା କରି ତାରା ଜଗତର ଗତିବିଧି ଅନୁଧାନ କରିବା ସହ ସୂକ୍ଷ୍ମ ଯନ୍ତ୍ରମାନ ଉଦ୍ଭାବନ କରିଥିଲେ । ଦୁଇଟି ବାଉଁଶ ନଳ ସାହାଯ୍ୟରେ ଦୂର ପାହାଡକୁ ମାପି ଦୂରବୀକ୍ଷଣ ଯନ୍ତ୍ର ନିର୍ମାଣ କରିଥିଲେ । ପଠାଣୀ ସାମାନ୍ତ ୧୮୬୯ ରେ 'ସିଦ୍ଧାନ୍ତ ଦର୍ପଣ' ଲେଖିବା ଆରମ୍ଭ କରିଥିଲେ । ୧୮୯୨ ରେ ଏହି ଗ୍ରନ୍ଥ ରଚନା ଲେଖା ଶେଷ ହୋଇଥିଲା । ସିଦ୍ଧାନ୍ତ ଦର୍ପଣ ମୂଳତଃ ସଂସ୍କୃତ ଭାଷାରେ ଶ୍ଳୋକ ମାନଙ୍କରେ ରଚିତ, ଗ୍ରନ୍ଥଟିରେ ରହିଛି ଚବିଶଟି ପ୍ରକାଶ (ସର୍ଗ) । ଏହି ଗ୍ରନ୍ଥର ମୋଊଟ ଶ୍ଳୋକ ସଂଖ୍ୟା ୨୫୦୦ । ଏଥିରେ ପାଟି ଗଣିତ, ବୀଜଗଣିତ, ସ୍ଥୁଳ ଓ ସୂକ୍ଷ୍ମଗ୍ରହ ଗଣନା, ପଜୟାଦିର ବାଖ୍ୟା, ନଦୀ ଓ ପାହାଡମାନଙ୍କର ଭୌଗଳିକ ମାସ ଓ ସ୍ଥିତି ଆଦି ଆରାଧ୍ୟ ଦେବତା ଶ୍ରୀଜଗନ୍ନାଥ ଓ ଶ୍ରୀକୃଷ୍ଣଙ୍କ ଆଶୀର୍ବାଦ ଭିକ୍ଷା କରାଯାଇଛି । ନିରବଚ୍ଛିନ୍ନ ଅଧ୍ୟବସାୟ, ଇଚ୍ଛାଶକ୍ତି ଓ ଅବିଶ୍ରାନ୍ତ ଗବେଷଣା ଫଳରେ ଦୂରଦୂରାନ୍ତର ଜ୍ୟୋତିଷ ମଣ୍ଡଳର ଗ୍ରହ ନକ୍ଷତ୍ରର ସ୍ଥିତି ଓ ଚଳନ ନିର୍ଭୁଲ ଭାବେ ଗଣନା କରିପାରୁଥିଲେ ପଠାଣି ସାମନ୍ତ ।

# ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ । ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ । ଶତ୍ରୁ ବୃଦ୍ଧି ହୋଇପରେ । ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ । ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ । ମହିଳାମାନେ ଅପମାନିତ ହୋଇପରନ୍ତି ।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ । ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ । ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ । ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି । ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ । ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ । ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ । ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ । ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ । କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ । ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ । କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ । ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ । ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ । ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ । ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ । ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ । ରାଜନୀତିକ ସ୍ତରରେ ଉନ୍ନତି କରିବେ । ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ । ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ । ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ । ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ । ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ । ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ । ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ । ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ । କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି । ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ ।

## ସିଂହ ସହିତ ବନ୍ଧୁତା



ସିଂହ, ବାଘ ଭଳି ହିଂସ୍ର ଜନ୍ତୁଙ୍କର ନାମ ଶୁଣିଲେ ସମସ୍ତଙ୍କ ମନରେ ଭୟ ଆସିଯାଏ । କିନ୍ତୁ ଜଣେ ଝିଅ ଅଛି ଯିଏ ସିଂହ ଓ ବାଘମାନଙ୍କ ଗହଣରେ ବିନା ଡରଭୟରେ ରହିଥାଏ । ହଁ, ଆଜ୍ଞା ନାମ୍ବିୟାର ବୁଶ ଗର୍ଲ ନାମରେ ପ୍ରସିଦ୍ଧ ମାର୍ଲିସି ଭାନଡେର ମେରୱେ ବିନା ଡରରେ ସିଂହ ଓ ବାଘ ପାଖକୁ ଯାଇଥାନ୍ତି । ସୋସିଆଲ ସାଇଡ୍‌ରେ ବି ଏହି ଝିଅର ସାହସିକତା ଭିଡ଼ିଓ ଭାଇରାଲ ହୋଇସାରିଲାଣି ଓ ସେ ଝିଅଟି ସେନ୍ ବୁସମେନ୍ ସମୁଦାୟ ପାଖରେ ରହୁଥିବା କାରଣରୁ ତାକୁ ବୁସ୍ ଗର୍ଲର ନାମ ଦିଆଯାଇଛି । କହି ରଖୁଛୁ ନାମ୍ବିୟାର ପ୍ରସିଦ୍ଧ ସଂରକ୍ଷଣବାଦୀ ଓ ଟିଭି କାର୍ଯ୍ୟକ୍ରମ ପ୍ରସ୍ତୁତକର୍ତ୍ତା ମର୍ଲସି ଯିଏ ୩୦ବର୍ଷରୁ ଏହି ବନ୍ୟ ଜନ୍ତୁଙ୍କ ମଧ୍ୟରେ ରହିଆସୁଛନ୍ତି । କଥା କ'ଣ କି ନାମ୍ବିୟାର ଜାତୀୟ ଉଦ୍ୟାନରେ ବନ୍ୟଜନ୍ତୁଙ୍କ ମଧ୍ୟରେ ତାଙ୍କ ପିତାଙ୍କର ଫାର୍ମ ହାଉସ ଅଛି ଓ ସେଠି ୯ରୁ ଅଧିକ ଜଙ୍ଗଲୀ ଚିତା ଅଛନ୍ତି । ମର୍ଲସି ଚିତାମାନଙ୍କୁ ଡରିବା ପରିବର୍ତ୍ତେ ଚିତାମାନେ ତାଙ୍କର ବୋଲମାନନ୍ତି । ମର୍ଲସି ବିନା ଭୟରେ ତାଙ୍କର ମୋଟର ଗାଡ଼ି ଧରି ଚାଲିଯା'ନ୍ତି ଚିତାଙ୍କ ଗହଣକୁ । ଚିତା ଯେତେବେଳେ ଆକ୍ରମଣ କରିବା ପାଇଁ ଆସନ୍ତି ମର୍ଲସିଙ୍କୁ ଦେଖି ଶାନ୍ତ ହୋଇଯା'ନ୍ତି ।

## ସୁସ୍ଥ ପରିବେଶ ପାଇଁ ଅଶ୍ୱଥଙ୍କ ଉଦ୍ୟମ

ପରିବେଶକୁ ସୁହାଇବା ଭଳି ପଦକ୍ଷେପ ନେବାର ଆଇନକାନୁନ୍ ବନିଯାଉଛି । କାଗଜରେ ନିର୍ଦ୍ଦେଶ ବି ଆସୁଛି । ହେଲେ ତୃଣମୂଳ ସ୍ତରରେ ପରିବର୍ତ୍ତନର ଧାରା ଆଦୌ ଆରମ୍ଭ ହେଉନାହିଁ । ତା'ର କାରଣ ହେଲା, ସେହି ଜିନିଷ ବଦଳରେ ପରିବେଶ ଉପଯୋଗୀ ଜିନିଷର ଚଳନ କରୁନାହାନ୍ତି କେହି । ଏ ଅଭାବକୁ ବୁଝି ଜଣେ ଯୁବକ ନିଜ ବ୍ୟକ୍ତିଗତ ପ୍ରୟାସରେ ପଲିଥିନ୍ ବ୍ୟାଗ୍ ବଦଳରେ ପରିବେଶ ଉପଯୋଗୀ ବ୍ୟାଗ୍ ତିଆରି କରି ନିଜ ସହରର କଲ୍ୟାଣ ଦିଗରେ ଦେଉଛନ୍ତି ବଡ଼ ଯୋଗଦାନ ।...ବାଙ୍ଗାଲୋର ନଗରନିଗମ ପକ୍ଷରୁ ୨୦୧୨ରେ ସ୍ୱାସ୍ଥ୍ୟ ତଥା ପରିବେଶ ପାଇଁ ହାନିକାରକ ହେତୁ ପଲିଥିନର ବ୍ୟବହାର ବନ୍ଦ କରାଯାଇଥିଲା । କିନ୍ତୁ ଲୋକମାନଙ୍କ ପାଇଁ କୌଣସି ବିକଳ୍ପର ସୁବିଧା କରାଯାଇନଥିଲା । ଯାହାକି ସାଧାରଣ ଲୋକମାନଙ୍କ ପାଇଁ ଅନେକ ସମସ୍ୟା ସୃଷ୍ଟି କରିଥିଲା । ଆଉ ନିଜ ସହରବାସୀଙ୍କ ଏହି ସମସ୍ୟା ଅଶ୍ୱଥଙ୍କ ଚିନ୍ତାର କାରଣ ପାଲଟିଥିଲା । ସେ ଏହାକୁ ଦୂର କରିବା ଯୋଜନାର ଅନୁସନ୍ଧାନରେ ଲାଗିଯାଇଥିଲେ । ପ୍ରାୟ ଚାରିବର୍ଷର ପ୍ରସ୍ତୁତି ଓ ପ୍ରୟାସ ପରେ ଅଶ୍ୱଥ ପ୍ରତିଷ୍ଠା କଲେ 'ଏନଭିଗ୍ରୀନ' ନାମରେ ଏକ କମ୍ପାନୀ । ଏହି କମ୍ପାନୀ ଲୋକମାନଙ୍କୁ ଯୋଗାଇଦେଉଛି ପରିବେଶ ଅନୁକୂଳ ବିଭିନ୍ନ ବ୍ୟାଗ । ପ୍ଲାଷ୍ଟିକ ବ୍ୟାଗ ପରି ଦେଖାଯାଉଥିବା ଏହି ବ୍ୟାଗ ଗୁଡିକର ପ୍ରସ୍ତୁତ ପ୍ରଣାଳୀ ସମ୍ପୂର୍ଣ୍ଣ ଭିନ୍ନ ହୋଇଥାଏ । ବିନା କୌଣସି ରସାୟନିକ ସାମଗ୍ରୀର ବ୍ୟବହାରରେ କେବଳ ଆଳୁ, ପାଳୁଅ, କଦଳୀ, ତେଲ ଇତ୍ୟାଦି ୧୨ଟି ସାମଗ୍ରୀର ବ୍ୟବହାର କରାଯାଇ ପ୍ରସ୍ତୁତ କରାଯାଉଛି ବ୍ୟାଗ । ପ୍ରଥମେ ଏହି କଞ୍ଚାମାଲ ଗୁଡିକୁ ଏକ ତରଳ ପଦାର୍ଥରେ ପରିଣତ କରାଯାଇ ପରକୁ ପର ୬ଟି ଧାରାରେ ଗତି କରାଯାଇ ଏହା ପ୍ରସ୍ତୁତ କରାଯାଏ । ଏହି ବ୍ୟାଗ ଗୁଡିକୁ ଗୋଟିଏ ଗ୍ଲାସ ଥଣ୍ଡା ପାଣିରେ ବୁଡାଇ ରଖିଲେ ଗୋଟିଏ ଦିନରେ ଏହା ମିଳାଇଯିବ ଏବଂ ଯଦି ଗରମ ପାଣିରେ ଏହାକୁ ରଖାଯାଏ ତେବେ ମାତ୍ର ୧୫ ସେକେଣ୍ଡରେ ଏହା ମିଳାଇଯିବ । ବ୍ୟବହାର ଅନୁପୋଯୋଗୀ ହେବା ପରେ ଏହାକୁ ଫୋପାଡି ଦେବା ପରେ ଖୁବ୍ କମ୍ ଦିନ ମଧ୍ୟରେ ଏହା ମାଟିରେ ମିଳାଇଯିବ । ସମ୍ପୂର୍ଣ୍ଣ ଭାବେ ଖାଦ୍ୟପଦାର୍ଥରେ ପ୍ରସ୍ତୁତ ହୋଇଥିବାରୁ କୌଣସି ପଶୁ ଖାଇଲେ ମଧ୍ୟ ତାଙ୍କ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ହେବ ନାହିଁ । କର୍ଣ୍ଣାଟକ ରାଜ୍ୟ ପ୍ରଦୂଷଣ କଣ୍ଟ୍ରୋଲ ବୋର୍ଡ ପକ୍ଷରୁ ମଧ୍ୟ ଏହି ବ୍ୟାଗକୁ ନେଇ ଅନେକ ପରୀକ୍ଷଣ କରାଯାଇଛି । ଏହି ବ୍ୟାଗ ଗୁଡିକୁ ଜଳାଇବା ଦ୍ୱାରା ନା ଏହା ତରଳୁଛି, ନାହିଁ ଏଥିରୁ କୌଣସି ରାସାୟନିକ ପଦାର୍ଥ କ୍ଷରଣ ହେଉଛି । ସେଣ୍ଟ୍ରାଲ ଇନଷ୍ଟିଚ୍ୟୁଟ ଅଫ୍ ପ୍ଲାଷ୍ଟିକ ଇଞ୍ଜିନିୟରିଂ ଏବଂ ଶ୍ରୀରାମ ଇନଷ୍ଟିଚ୍ୟୁଟ ଫର୍ ଇଣ୍ଡଷ୍ଟ୍ରିଆଲ୍ ରିସର୍ଚ୍ଚ ପକ୍ଷରୁ ମଧ୍ୟ ଏହାର ପରୀକ୍ଷଣ କରାଯାଇ ବ୍ୟବହାର ନିମନ୍ତେ ଅନୁମତି ଦିଆଯାଇଛି । ସମସ୍ତ କ୍ଷେତ୍ରରୁ ଅନୁମତି ପାଇବା ପରେ ଅଶ୍ୱଥ ନିଜ ଟିମ୍ ର ୬୦ଜଣ ସଦସ୍ୟଙ୍କ ସହ ମିଶି ବାଙ୍ଗାଲୋରଠାରେ ଏକ କାରଖାନା ପ୍ରତିଷ୍ଠା କରିଛନ୍ତି । ଏହି କାରଖାନାରୁ ପ୍ରତି ମାସରେ ପ୍ରାୟ ୧ହଜାର ମେଟ୍ରିକ ଟନ୍ ବ୍ୟାଗ୍ ପ୍ରସ୍ତୁତ କରାଯାଉଛି । ତାଙ୍କର ଏହି ପ୍ରୟାସ ଦ୍ୱାରା କର୍ଣ୍ଣାଟକ ଗ୍ରାମାଞ୍ଚଳର କୃଷକ ମାନେ ମଧ୍ୟ ଲାଭବାନ ହୋଇପାରୁଛନ୍ତି । କମ୍ପାନୀ ସେମାନଙ୍କ ଠାରୁ କଞ୍ଚାମାଲ କିଣିବା ସହ ସେମାନଙ୍କୁ କଞ୍ଚାମାଲ ଉତ୍ପାଦନ ପାଇଁ ବିହନ ଯୋଗାଇ ଦେଉଛି । ଭାରତର ସବୁ ସ୍ଥାନରେ ଏହି ବ୍ୟାଗ ଗୁଡିକ ବର୍ତ୍ତମାନ ପର୍ଯ୍ୟନ୍ତ ମିଳିପାରିନାହିଁ କିନ୍ତୁ ଅଶ୍ୱଥଙ୍କ କାର୍ଯ୍ୟସ୍ଥଳ କତରରେ ଏହା ଉପଲବ୍ଧ ହୋଇପାରୁଛି । ଅଶ୍ୱଥଙ୍କ କହିବାନୁଯାୟୀ, କେବଳ ବାଙ୍ଗାଲୋର ପରି ସହରରେ ପ୍ରତି ମାସରେ ପ୍ରାୟ ୩୦ହଜାର ମେଟ୍ରିକ ଟନ୍ ବ୍ୟାଗର ଆବଶ୍ୟକ ହୋଇଥାଏ । ତେଣୁ ସମସ୍ତ ସହରରେ ଏହାର ବ୍ୟବହାର ପାଇଁ ଅଧିକ କାରଖାନା ପ୍ରତିଷ୍ଠା କରିବାର ଲକ୍ଷ୍ୟ ରଖିଛୁ । ବର୍ତ୍ତମାନ ପର୍ଯ୍ୟନ୍ତ ରିଲାଏନ୍ସ ପରି କମ୍ପାନୀ ମାନଙ୍କୁ ବ୍ୟାଗ ଯୋଗାଇ ଦିଆଯାଇଛି । ଚଳିତ ଡିସେମ୍ବରଠାରୁ ସେମାନେ ଏହାର ବ୍ୟବହାର ଆରମ୍ଭ କରିଦେଇଛନ୍ତି । ପରିବେଶ ସୁରକ୍ଷା ଦିଗରେ ଅଶ୍ୱଥଙ୍କ ଏହି ପ୍ରୟାସକୁ ଅନେକ ପରିବେଶବିତ୍ ପ୍ରଶଂସା କରିଛନ୍ତି ।






# —'ପ୍ରହେଳିକା'—

ଓହୋ ! ଆଜି ଟିକେ ମନଟା ଶାନ୍ତି ପାଇଲା, ମୁଁ ମୋ ସ୍ୱାମୀ କୁମାରଙ୍କ ସହ ଗାଁରୁ ଫେରିଲି, ଘର ଗଳି ମୋଡରୁ ମୁଁ କାର୍ କାଚ ଖୋଲି ବାସ୍ ଚାହିଁ ରହିଥିଲି ମୋ ପାଖ ଫ୍ଲାଟଟିକୁ ଦେଖିବି। ସେଟା ଘର କମ୍, ପାର୍କ ବେଶୀ ଲାଗେ, ସେ ବଗିଚାର ରଙ୍ଗ ବେରଙ୍ଗୀ ଫୁଲ, ଗଛ, ମହ ମହ ବାସୁଥିବା ମଲ୍ଲି, ଚମ୍ପା ଆଦି ଯେମିତି ମତେ ଖତେଇ ହୁଅନ୍ତି। ହେଲେ ଆଜି ଆଠ ଦିନ ପରେ ଗାଁରୁ ଫେରି ନିଜ ଘର ଆଡେ ନଦେଖି ପାଖ ଘରକୁ ତନଖି କରି ଦେଖିଲି, ଫୁଲ ଗଛ ସବୁ ଝାଉଁଳି ପଡିଛି, ଗେଟ୍‌ରୁ ଘର ଯାଏଁ ପଡିଥିବା ଟାଇଲ୍ ସୁଖିଲା ପତ୍ରରେ ଭରା। ମତେ ଭାରି ଶାନ୍ତି ଲାଗିଲା, ମୋ ଚେହେରାର ସ୍ମିତ ହସ ଦେଖି କୁମାର ପଚାରିଲେ କ'ଣ ନିଜ ଘର ଦେଖି ଖୁସି ହଉଛ ? ମୁଁ କିନ୍ତୁ ମୋ ଖୁସିର କାରଣ ଟା କହିଲି ନାହିଁ, କାରଣ ଆଗରୁ ବହୁଥର ସେ ପାଖ ଘର କଥା କହି ମୋ ସ୍ୱାମୀଙ୍କ ଠାରୁ ପ୍ରବଚନ ଶୁଣି ସାରିଛି। ତେଣୁ ଚୁପ୍ ରହିବା ଶ୍ରେୟ ମଣିଲି।

ମୁଁ ମାନସୀ ଭୁବନେଶ୍ୱର ପୁଣି ଶହିଦନଗରରେ ତିନି ମହଲା କୋଠାର ମାଲିକାଣୀ। ମୋ ଘର ଅଗଣାରେ ବି ବହୁତ ଖାଲି ଜାଗା, ଉପର ଘର ଭଡାଟିଆ ରୁହନ୍ତି, ମୋ ପାଖ ଘରଟା ମୁଁ ଘର ତୋଳିବା ଆଗରୁ ଥିଲା। କେହି ଯିବା ଆସିବା କେବେ ଦେଖିନଥିଲି। ମୋର ଏ ଘରେ ରହିବା ପ୍ରାୟ ୧୦ ବର୍ଷ ହେଲାଣି। ପିଲାମାନେ ବଡ ହୋଇ ଯେଝା ସଂସାର ଧରି ବଡ ବମ୍ବେରେ ତ ସାନ ବାଙ୍ଗାଲୋର୍‌ରେ। ମୋ ସ୍ୱାମୀ ରିଟାୟର୍ଡ୍ ପ୍ରଶାସନିକ ଅଧିକାରୀ। ମୋ ଶାଶୁ ଘରେ ବି ମୋରି ରାଜୁତି, କାରଣ କୁମାର ବାପା ମା'ଙ୍କର ଏକମାତ୍ର ପୁଅ । ମୋର କେମିତି ବାହାଘର ହେଲା, କେତେ ଧନ ସମ୍ପତି ମୋ ବାପା ଦେଇଥିଲେ ଏ ସବୁ ମୁଁ ଆମ କାମବାଲି ମାଧ୍ୟମରେ ଆମ ପର ଆଖ ପାଖରେ ପହଂଚାଇ ଦେଇଛି। ତା'ପରେ ଲାଗେ ସମସ୍ତେ ମତେ ଖୁବ୍ ସମ୍ମାନ ଭରା ଚାହାଣୀରେ ଦେଖନ୍ତି। ପାଖ ଘରଟା ବାସ୍ ଗୋଟେ ମହଲା ଘର, ମୋର ସେ ଗଳିର ଦ୍ୱିତୀୟ ଘର, ଉତରା ପବନ ମୋ ଘରକୁ ବେସ୍ ସୁରୁ ଖୁରୁରେ ଆସେ। ହଠାତ୍ ଦିନେ ସକାଳୁ ଗୋଟେ ଟ୍ରକ୍ ଆସି ରହିଲା। ଧୁମ୍ ଧାମ୍ ଶବ୍ଦରେ ଝରକା ବାଟେ ଦେଖିଲି ସେ ପାଖ ଘରେ ଲୋକ ଆସିଛନ୍ତି ରହିବାକୁ। ସନ୍ଧ୍ୟା ଯାଏଁ ଘରେ ଲୋକ ଯିବା ଆସିବା ଲାଗିଥିଲା ସେ ଘରକୁ। ମନେମନେ ସ୍ଥିର କଲି କାଲି ଯାଇ ସେ ଘରେ କିଏ ରହିଲେ, ସବୁ ବୁଝିବି, ମୋ ଘର କାମବାଲି ଟିକେ ଡେରିରେ ଆସେ। ସେ ଆସିଲେ ତାକୁ ପଠେଇ ସେ ଘର ଲୋକ ଭଡାଟିଆ ନା ନିଜେ ମାଲିକ ବୁଝିନେବି, ଏମିତି ଭାବୁ ଭାବୁ ଚା' କରୁଥିଲି, ରୋଷେଇ ଘର ଝରକା ବାଟେ ଦେଖିଲି ସେ ଘର ଗେଟ୍ ଖୋଲି ଗୋଟେ ମଧ୍ୟ ବୟସ୍କା... ନା' ବୋଧେ ତିରିଷ କି ବତିଷ ବର୍ଷର ବେଶ୍ ଡେଙ୍ଗା, ଗୋରା, ସ୍ତ୍ରୀ ଲୋକଟିଏ କାନ୍ଧରେ ଭ୍ୟାନିଟ୍ ବ୍ୟାଗ ପକାଇ ମୋ ଘର ଆଗଦେଇ ଚାଲିଗଲା। ମୋର ଏଡେ ବଡ ସୁନ୍ଦର ଘର ଆଡେ ଟିକେ ଅନେଇଲାନି ମଧ୍ୟ। ଛାଡ କାମବାଲି ଆସୁ, ସବୁ ଖବର ବୁଝିବି। ବେଶ୍ କିଛି ସମୟ ପରେ ଛବି (ମୋ କାମବାଲି) ଆସିଲା, ସେ ଆସୁ ଆସୁ ତାକୁ ପଠେଇଲି ଯା ପାଖ ଘରେ ବୁଝି ଆସିବୁ କିଏ ରହିଲେ, କ'ଣ କରନ୍ତି ଇତ୍ୟାଦି। ସେ ବି ଖୁବ୍ ଆଗ୍ରହରେ ଗୋଟେ ନୂଆ ଘରେ କାମ ପାଇବା ଆଶାରେ ଚାଲିଲା ତାଙ୍କ ଘର ଆଡେ। ହେଲେ ଦୁଇ ମିନିଟ୍‌ରେ ଫେରି ଆସି କହିଲା ମା' ଘରେ ତ ତାଲା ପଡିଛି, ଆଉ ଗେଟ୍‌ରେ ନାମଫଳକ ବି ନାହିଁ ବାସ୍ ଲେଖା ହୋଇଛି "ଶହିଦ୍ ଭବନ"। ଶୁଣୁ ଶୁଣୁ ମୋ ପାଟିରୁ ବାହାରିଲା ଏ କି ନାମ! ମୋ ଘର ନାମ "ସ୍ୱାତୀ ନିଳୟ", ମୋ ଶାଶୁଙ୍କ ନା। ଆଉ ଏ କି ଲୋକ ଯେ ଏମିତି ଗୋଟେ ଅପଦସିଆ ନାଁ ଦେଇଛନ୍ତି କେଜାଣି। ଦିନସାରା ମୋର ଟିଭି ସିରିଏଲ, ୟୁ ଟ୍ୟୁବ୍‌ରେ କଟିଲା। ଯେମିତି ପାଂଚ ବାଜିଲା ମୁଁ ମୋ ଘର ବାରଣ୍ଡାରେ ଲାଗିଥିବା ଦୋଳାୟମାନ ଚେୟାରରେ ଆସି ବସି ପଡିଲି। ସେ ପାଖ ଘର ମହିଳା ବୋଧେ କର୍ମଜୀବି, ସେ ଫେରିଲେ ନିଶ୍ଚୟ ମୋର ଏ ବିଶାଳ ଅଟାଳିକା ଆଡେ ଚାହିଁବେ, ଆଉ ମୁଁ ମୌକା ଦେଖି ତା ନାଁ -ଗାଁ ସବୁ ବୁଝିନେବି, ସନ୍ଧ୍ୟା ଗଡିଲାଣି ହେଲେ ସେ ମହିଳାର ଦେଖାନାହିଁ। ବାସ୍ ଉଠି ଘର ଆଡେ ମୁହାଁଇଲା ବେଳକୁ ସେ ମୋ ଗେଟ୍ ସିଧାରେ, ମୁଁ ବାସ୍ ତାକୁ ଚାହିଁ ରହିଲି କି ସେ ମୋ ଘର ଆଡେ ଚାହିଁଲେ ମୁଁ ଗୋଟେ ହସ ଦେବି ଯେ, ସେ ବଳେ ଠିଆ ହେଇ ନମସ୍କାର କରି ଆପେ ଆପେ ତା' ପରିଚୟ ଦେଇ ଦେବ। ହୁଏତ ମୋ ଠାରୁ କିଛି ଟିପ୍‌ସ ନେଇ ପାରେ। ହେଲେ ସେମିତି କିଛି ହେଲାନି, ସେ ନିର୍ବିକାର ଭାବେ ତା' ଘର ଭିତରକୁ ଚାଲିଗଲା, ମୁଁ ମନେ ମନେ କହିଲି କି ଗର୍ବି ସ୍ତ୍ରୀ ଲୋକଟା, ହାତରେ ଚୁଡି ନାହିଁ କି ମଥାରେ ସିନ୍ଦୁର ନାହିଁ, ବୋଧେ ଅଭିଆଡିଟେ। ହଉ କାଲି ଛବି ଆସୁ ! ମୁଁ ମୋ ଘର କାମରେ ଲାଗିଲି, ତା' ପରେ ମୋ ଚିରା ଚରିତ ସିରିୟଲ ଦେଖା। କୁମାର କ୍ଲବ ଯାଇଥିଲେ, ଫେରୁ ଫେରୁ କହିଲେ ଦେଖିଲଣି ମାନସୀ ପାଖ ଘର ଆଗରେ ଟ୍ରଲି ରିକ୍ସାରେ କେତେ ଫୁଲ କୁଣ୍ଡ, ଗଛ ଚାରା ! ମୁଁ ବି ଝରକା ପାଖକୁ ଯାଇ ଦେଖିଲି, ସେ ସ୍ତ୍ରୀ ଲୋକଟି ଚୁଡିଦାର କମିଜ୍‌ଟେ ପିନ୍ଧି ଘର ବାରଣ୍ଡାରେ ଠିଆ ହେଇଛି, ତା' ପାଖରେ ହ୍ୱିଲ୍ ଚେୟାରରେ ଜଣେ ବୟସ୍କ ପୁରୁଷ, ମନେ ମନେ ଭାବିଲି ବାପ-ଝିଅ ହେଇଥିବେ, ହେଲେ ଏତେ ଗୁଡେ ଲାଇଟ୍ କ'ଣ ଲଗେଇଛନ୍ତି ପୁରା ରାସ୍ତା ଯାଏଁ ଆଲୁଅ ପଡୁଛି ! ମୁଁ ତ ପୁରା ଏ ମାମଲାରେ ସିରିୟସ୍। ଯେତିକି କମ୍ ଲାଇଟ୍-ଫ୍ୟାନ ଓ ଟେମ୍ପରେଚର ୪୦ ଡିଗ୍ରୀ ନ ଟପିବା ଯାଏଁ ଏସି ବି ଲଗାଏନି। ସେମିତି ତାଗିଦ୍ ବି ଭଡାଟିଆଙ୍କୁ କରିଛି। ନା' ଲାଇଟ୍ ବାବଦରେ ନୁହେଁ, ସେମାନେ ବିଲ୍ ଦଉଛନ୍ତି, ଜାଳନ୍ତୁ କେତେ ଜାଳିବେ। ପାଣି କିନ୍ତୁ ଦେଖି ଚାହିଁ ଖର୍ଚ୍ଚ କରିବେ କାରଣ ପାଣିଟା ମାଗଣା ଦେବା ଲାଗି ଚୁକ୍ତି କରିଛି ପରା। ହେଲେ ଏ ପାଖ ଘର "ଶହିଦ୍ ଭବନ" ବାଲା କ'ଣ ପାଗଳ କି ? ଏତେ ଲାଇଟ୍, ପୁଣି ଏତେ ଗଛ ଯଦି ଲଗେଇବେ କେତେ ପାଣି ସାରିବେ, ହଉ ତାଙ୍କର ବିଲ୍ ଉଠିବ ମୋର କ'ଣ ଅଛି। ମୁହଁକୁ ବୁଲେଇ ରାତି ଖାଇବା ଲାଗି ବସିଲୁ। କୁମାର ଥଟ୍ଟା କରି କହିଲେ କ'ଣ ପାଖ ଘର ଲୋକେ ତମ ପ୍ରତିପତି ଜାଣିଲେଣି ନା ନାହିଁ ? ମୁଁ ବିରକ୍ତ ହେଇ ଚୁପ୍ ହିଁ ରହିଲି। ଏମିତି ତା' ପରଦିନ ଛବିକୁ ପଠାଇଲି, ସେ ଘର ବିଷୟରେ ବିସ୍ତୃତ ବିବରଣୀ ଆଣିବା ସହ ମୋ ବିଷୟରେ ଟିକେ କହିବ ବୋଲି। ସେ ବେଶ୍ ଅଧ ଘଂଟା ପରେ ଫେରିଲା, ହସ ହସ ମୁହଁରେ କହିଲା ମା' ସେ ଘର ଦିଦି ବହୁତ ଭଲ। ମତେ ଚୌକିରେ ବସିବାକୁ ଦେଲେ, କଫି ବି ଦେଲେ। କାମ କଥା ମନା କଲେ କିନ୍ତୁ କହିଲେ ବଗିଚା କାମରେ ଟିକେ ସାହାଯ୍ୟ କରିବ କି ? ମୁଁ ହଁ କହିଲି, ତାଙ୍କ ବାପାଙ୍କ ଆଡେ ଚାହିଁ ପଚାରିଲେ ବାପା ଦିନ ସାରା ଘରେ ଏକଲା ଲାଗୁଛି କି ଏଠି ? କହିବେ ତ ମୁଁ ଛବି ଭଉଣୀକୁ କହି କାହାକୁ ଘରେ ସନ୍ଧ୍ୟା ଯାଏଁ ରଖିଦେବା। ବାପା ତାଙ୍କର ବି କେତେ ଭଲ, କହିଲେ ନା' ମା ତୁ ତ ସବୁ ହାତ ପାଖେ ଖଞ୍ଜି ଦେଇ ଯାଉଛୁ। ଏ ଝିଅଟି ବାସ୍ ବଗିଚା ଟିକୁ ରଙ୍ଗରେ ଭରିବାରେ ସାହାଯ୍ୟ କଲେ ବହୁତ। ମୁଁ ଅଧାରୁ ତାକୁ ଚୁପ୍ କରେଇ ଟିକେ ରୁକ୍ଷ ଗଳାରେ କହିଲି, ହେ କହ ତା' ନାଁ କ'ଣ ? ବାହା ହେଇଛି କି ନା, କି ଚାକିରୀ... ଆଉ ମୋ ବିଷୟରେ କହିଲୁ କି ନାହିଁ। ଛବିର ହସ ବନ୍ଦ ହେଇଗଲା, କହିଲା ମା' ସେ ଦିଦିର କଥା ଏତେ ସୁନ୍ଦର ଯେ, ମୁଁ ସବୁ ଭୁଲିଗଲି, ହଉ କାଲି ସନ୍ଧ୍ୟା ୫ଟାରେ ତାଙ୍କ ସହ ବଗିଚା କାମ କଲାବେଳେ ବୁଝିନେବି। ବେସ୍ ଛଅଟା ମାସରେ ସେ ବଗିଚା ଗୋଟେ ପାର୍କ ହେଇସାରିଥିଲା। ତା'ର ଖାଲି ନା'ଟି ଛବି ବୁଝିଥିଲା "ସୁଜାତା" ବାକି ସେ କୁଆଡେ କଥା ବେଶି ହୁଏନି। ଛଅ ମାସରେ ବହୁ ଚେଷ୍ଟା ସତ୍ତ୍ୱେ ସୁଜାତା ଥରେ ବି କଥା ହେଲାନି, ବାସ୍ ତାକୁ ଘରୁ ୯.୩୦ରେ ଯିବା ଓ ୫ ଟାରେ ଫେରି ସନ୍ଧ୍ୟା ୭ଟା ଯାଏଁ ବଗିଚାରେ ଦେଖେ। ରବିବାର ତ ସେ ବାପ-ଝିଅ ଦିନ ସାରା ବଗିଚା କାମରେ ଲାଗିପଡନ୍ତି। ବସନ୍ତ ଋତୁ କ'ଣ ବୋଧେ ମୁଁ ପ୍ରଥମ ଥର ଅନୁଭବ କଲି। ଛାତ ଉପରୁ ତା ବଗିଚାକୁ ଦେଖେ, କେତେ ଫୁଲ, କେତେ ରଙ୍ଗ ବେରଙ୍ଗ ଗଛ। ବାସ୍ନା ବି ଏମିତି ଖେଳେଇ ହେଇଯାଏ କି ମୋ ତିନି ମହଲା ଛାତ ଯାଏଁ ପହଂଚେ। ସେତେବେଳେ ମୁଁ ମୋ ବଗିଚାକୁ ଦେଖେ ୪ ଟା ନଡିଆ ଗଛ। ଆଉ ତା ବଗିଚାରେ ମହ ମହ ବାସ୍ନା ଓ ମୋ ଭଡାଟିଆଠାରୁ ସ୍ୱାମୀ ପର୍ଯ୍ୟନ୍ତ ତା'ର ବଗିଚାର ପ୍ରଶଂସା ମତେ ଯେମିତି କଂଟା ଫୋଡିଲା ଭଳି ଲାଗୁଥିଲା। ମନେ ମନେ କହୁଥିଲି ସୁଜାତା ନା' ରହସ୍ୟମୟୀ। ଏମିତି ଦିନେ ଅଦିନିଆ ଝଡ ବର୍ଷା ହେଲା, ମୁଁ ପବନ ଦେଖି ଖୁସିରେ ଠାକୁରଙ୍କୁ ଧନ୍ୟବାଦ ଦେଲି, ଏଥର ତା ବଗିଚା ଗଲା, ପ୍ରଭୁ ମୋ କଥା ଶୁଣିଲେ। ବଡ ଆନନ୍ଦରେ ରାତି ପାହିବା ଅପେକ୍ଷାରେ ବହୁତ ଡେରିରେ ଶୋଇଲି। ସକାଳୁ ବି ଟିକେ ଡେରି ହେଲା ଉଠିବାରେ । ଉଠି ଦେଖିଲି ମୋ ସ୍ୱାମୀ ବାରଣ୍ଡାରେ କାହାକୁ ଫୋନ୍‌ରେ ଅନୁରୋଧ କରୁଛନ୍ତି, ଯେମିତି ହଉ ୨ଟା ମୁଲିଆ ଦରକାର। ଗଛ ପଡି ରାସ୍ତା ଅବରୋଧ। ମୁଁ ଭିତରୁ ହିଁ ବଡ ପାଟିରେ କହିଲି ତମର ଏତେ କାହା ଲାଗି ଦରଦ ଦେଖେଇବା ଦରକାର ନାହିଁ, ସେ ପାର୍କ କରି ମତେ ଖତେଇ ହେଉଥିଲା, ଏବେ ନିଜେ ଭୋଗୁ। କୁମାର ରାଗି ଉଠି ଫୋନ୍ କାଟି, ମୋ ହାତଧରି ବାରଣ୍ଡାକୁ ଟାଣି ନେଲେ କହିଲେ ଦେଖ....ମୁଁ ତାଟକା ମୋ ଅଗଣାର ନଡିଆ ଗଛରୁ ୨ଟା ମୂଳରୁ ଉପୁଡି ଏମିତି ପଡିଛି ଯେ ଗେଟ୍ ଖୋଲିବା ବି ଅସମ୍ଭବ। ତଥାପି ମୁଁ ଗୋଡ ଟେକି ସେ ଶହିଦ ଭବନ ଆଡେ ଚାହିଁଲି, ଆରେ ଏ କ'ଣ ସେ ସୁଜାତା ଓ ଛବି ଗଡି ପଡିଥିବା କୁଣ୍ଡ ଗୁଡା ସଜାଡୁଛନ୍ତି, ଆଉ ବାକି ରକମ୍ ରକମ୍ ଫୁଲ ଗଛ ସେମିତି ମତେ ଚାହିଁ ଖତେଇ ହଉଛନ୍ତି। ମନ ମାରି ରହିଲି, ଭଡାଟିଆ ମାନେ ବି ଗୋଟେ ଗୋଟେ କରି ସିଆଡେ ଢ଼ଳିଲେଣି, କିନ୍ତୁ ମୁଁ ତ ସଂଭ୍ରାନ୍ତ ଘରର, ପୁଣି ମୋ ସ୍ୱାମୀ ପ୍ରଶାସନିକ ଅଧିକାରୀ ଥିଲେ ମୁଁ ବା କାହିଁକି ମୋ ଆଡୁ ଯିବି ! ସେ ଆସୁନି। ବାସ୍ ଏତିକି କନଫର୍ମ ହେଇଥିଲି ସେ ଭଡାଟିଆ ନୁହେଁ, ସେ ବୁଢ଼ା ଘର ମାଲିକ। ବୁଢ଼ା ତ ହ୍ୱିଲ୍ ଚେୟାରରେ ସେଥିଲାଗି ବଢ଼ିଲା ଝିଅକୁ ବୋଧେ ବାହା ନ ଦେଇ ଘରେ ରଖିଛି।

ଦିନେ ସାହସ କରି ପାଚେରି ଏପଟୁ ପାଟି କରି କହିଲି, ଆଜ୍ଞା ମୋ ପାଚେରି ଆଡେ ଆପଣଙ୍କ ଫୁଲ ଲଟା ମାଡୁଛି, ତାକୁ ନିଜ ପଟେ ରଖ, ନ ହେଲେ ଲୁଣ ପାଣି ଢାଳିଦେବି, ସେ କିଛି କହିଲାନି ବାସ୍ ଚାହିଁଲା ଆଉ କହିଲା ହଉ ଆଜ୍ଞା ମୁଁ କାଢ଼ିଦେବି, ସେମାନେ ତ ଗଛ, ସେ ବା କ'ଣ ଜାଣନ୍ତି ବନ୍ଧ ବାଡ ! ହଉ କ୍ଷମା କରିବେ। ତା' ପରେ ଆଉ ସେ କେବେ ନା କଥା ହେଇଥିଲା, ନା ମତେ ମୌକା ଦେଲା କିଛି କହିବାକୁ। ମୋର ମୋ ସ୍ୱାମୀଙ୍କ ସହ ଗାଁକୁ ଯିବାର ଥିଲା, ତ ଛବିକୁ ୧୦ ଦିନ କାମକୁ ନ ଆସିବାକୁ କହି, ଫେରିଲେ ତୋ ଲାଗି ଶାଢ଼ି ଆଣିବି କହିଲି, ସେ ବି ଭାରି ମୁହଁ ଖୋର୍ ସଙ୍ଗେ ସଙ୍ଗେ କହିଲା ନା ମା ଥାଉ, ସୁଜାତା ଦିଦି ଏବେ ୪ ଖଣ୍ଡ ଭଲ ଲୁଗା ଦେଇଛନ୍ତି, ତାକୁ ମୁଁ ବାହା-ବଜାର ଗଲେ ପିନ୍ଧୁଛି। ଆପଣ ଯେଉଁ ଲୁଗା ଦିଅନ୍ତି ସେ ଗୁଡା ବେଶିଦିନ ଘରେ ବି ପିନ୍ଧି ହୁଏନି। ମୁଁ ନିଜକୁ ହାରିବା ଦେଖି ପାରିବିନି, ତ ଛବିକୁ ଧମକଟେ ଦେଲି ଏତେ ଭଲ ସେ ଦିଦି ତ ମୋ ଘର ଓ ମୋ ଭଡାଟିଆଙ୍କ ଘର କାମ ଛାଡି ଦଉନୁ। ସେ ଗୋଡ କଚି ରୋଷେଇ ଘରକୁ ଚାଲିଗଲା। ସକାଳୁ ଆମେ ଦମ୍ପତି ବାହାରେ ବସି ଚାହା ପିଉ। ହେଲେ ଏ ତିନି ମାସରେ ସେ ଶହିଦ ଭବନ ରୁ ଭାସି ଆସୁଥିବା ରକମ-ରକମ ଫୁଲର ବାସ୍ନା ମତେ ଭାରି ଅଣନିଶ୍ୱାସୀ କରି ପକାଉଛି। ଥରେ ଥରେ ତ ତାଙ୍କ ପାଚେରୀ ପାରି ହେଇ ବାଇଗଣୀ ଅପରାଜିତା ଲତା ମୋ ଆଡେ ମାଡି ଆସନ୍ତି ତ ମୁଁ ସିଧା କଇଁଚି ଧରି କାଟି ସେ ଲତା ସବୁ ତାଙ୍କ ପଟକୁ ଫିଙ୍ଗିଦିଏ। ମୁଁ ବାସ୍ ଏସବୁ କରେ କି ସେ ସୁଜାତା ମୋତେ କିଛି କହୁ ଆଉ ମୁଁ ବିଜୟୀ ହେବାର ସ୍ୱାଦଟା ଚାଖେ। ହେଲେ ସେ ଆଉ ତାର ସେ ବୁଢ଼ା ବାପା କିଛି କୁହନ୍ତିନି ବରଂ ହାତ ଯୋଡି ଗଛକୁ କ୍ଷମା ମାଗନ୍ତି, ଗଛ ସହ କଥା ହୁଅନ୍ତି ସତେ କି ତାଙ୍କ ଛୁଆ। ମୋର ଶାଶୁଙ୍କ ଶ୍ରାଦ୍ଧ ଲାଗି ଜାନୁଆରୀ ଶେଷରେ ଗାଁକୁ ଯିବାଟା ଦଶ ବର୍ଷର ଗୋଟେ ରୁଟିନ୍। ଜାନୁଆରୀ ଶେଷ ଶେଷ ଆଉ ତାଙ୍କ ବଗିଚା ଥଣ୍ଡା ପାଗରେ ବେଶ୍ ଫୁଲ ମୟ।

ହେଲେ ଆଜି ୧୦ ଦିନ ପରେ ଫେରି ତା' ବଗିଚା ଅବସ୍ଥା ଦେଖି ବେଶ୍ ଖୁସି ହେଲି। ସନ୍ଧ୍ୟା ଟା ଦେଇସାରି ଛବିକୁ ଫୋନ୍ କଲି ସେ ତୋ ସୁଜାତା ଦିଦି କୁଆଡେ ଗଲେ କି ? ଆଉ ତୁ କ'ଣ ତା' ବଗିଚା ଦେଖା ଶୁଣା କରୁନୁ କି ? ସେ ବହୁ କଷ୍ଟରେ କହିଲା ମା' ମୋ ଦେହ ବହୁତ ଖରାପ, ସୁଜାତା ଦିଦି ଆଉ ତାଙ୍କ ବାପା ଦିଲ୍ଲୀ ଯାଇଛନ୍ତି ବୋଲି କହିଥିଲେ। ମୁଁ ତା କଥା ଅଧାରେ, ରଖି କହିଲି ହଁ ଦିଲ୍ଲୀ ପ୍ରଧାନ ମନ୍ତ୍ରୀ ଡାକିଥିବେ ତାକୁ ଏମିତି ପାର୍କଟେ କରିଛି ବୋଲି ! ହୁଁ ଗାଁକୁ ଯାଇଥିବ, ଲାଜ ଲାଗିବ ବୋଲି ଦିଲ୍ଲୀ କହିଛି, ହଉଛାଡ ତୁ କାଲିଠାରୁ ଆସିଯିବୁ ମୁଁ ଫେରି ଆସିଲିଣି।

ହଠାତ୍ ମୋ ସ୍ୱାମୀ ପାଟି କରି ଡାକିଲେ ଏ ମାନସୀ ଜଲଦି ଆସ, ନିଉଜ ଦେଖ..... ଦେଖ.....ମୁଁ ଅନିଚ୍ଛାରେ ଗଲି, ନିୟୁଜ୍‌ର ଭଲ୍ୟୁମଟା ବଢ଼ାଇ ଦେଲେ ସେ। ଆରେ ଏ କ'ଣ ରାଷ୍ଟ୍ରପତି ଭବନର କ'ଣ ଗୋଟେ ପ୍ରୋଗ୍ରାମ, ଏଁ ଆଗ ଧାଡିରେ କ'ଣ ସେ ସୁଜାତାର ବୁଢ଼ା ବାପା ହ୍ୱିଲ୍ ଚେୟାରରେ ! ମୁଁ ଲଥ୍ କିନା ବସିଗଲି, କାନରେ ଠାଏ ଠାଏ ବାଜୁଥାଏ ଓଡିଶା ମାଟି ଗର୍ବିତ ମେଜର ମନୋଜ ମହାନ୍ତିଙ୍କୁ ପାଇ। ଦେଶ ଲାଗି ଲଢ଼ି ସେ ବମ୍ବେଠାରେ ହୋଇଥିବା ସନ୍ତ୍ରାସବାଦୀଙ୍କ ଗୁଳିମାଡରେ ଟଳିପଡିଲେ, ବାପ-ମାଙ୍କ ଏକମାତ୍ର ପୁଅ, ବାସ୍ ତିନି ମାସର ବୈବାହିକ ଜୀବନ, ସବୁ ପଛରେ ପକାଇ ମେଜର ମନୋଜ ଦେଶ ଲାଗି ଶହିଦ୍ ହୋଇଗଲେ, ଯାହାଙ୍କ ତ୍ୟାଗ ଯୋଗୁ ବମ୍ବେର ଅନେକ ବଡ ବଡ ଧ୍ୱଂସ ହେବାରୁ ରକ୍ଷା ପାଇଗଲା, ତାଙ୍କର ଧର୍ମପତ୍ନୀ ସୁଜାତା ମହାନ୍ତିଙ୍କୁ ରାଷ୍ଟ୍ରପତି ତାଙ୍କ ସ୍ୱାମୀଙ୍କ ପରମବୀର ଚକ୍ର ପ୍ରଦାନ କରୁଛନ୍ତି। ମୋ ଆଖିରୁ ଲୁହ ଝରିବାକୁ ଲାଗିଲା, ସୁଜାତା ମଠା ଶାଢ଼ୀ ସେମିତି ଠାକୁରାଣୀ ପରି ଚେହେରା, ନିର୍ବିକାର ନା ହସ ନା କାନ୍ଦ ରାଷ୍ଟ୍ରପତିଙ୍କଠାରୁ ସ୍ୱାମୀଙ୍କ ଲାଗି ଏତେବଡ ପୁରସ୍କାର ଗ୍ରହଣ କରୁଥିଲା, ଟିଭି ବାଲା ବି ଜୁମ୍ କରି ତା' ମୁହଁ ଆଡେ କ୍ୟାମେରା ଟା କରିଦେଲେ, ତା' ଆଖି ଯେମିତି ମୋ ଆଖିରେ ମିଶି ଯାଉଥାଏ, ଯେମିତି ଏ ଆଖି ମୋତେ ଅନେକ ପ୍ରଶ୍ନ ପଚାରୁଛି, ମୁଁ ଭୋ ଭୋ କି କାନ୍ଦିବାକୁ ଲାଗିଲି, ମୋ ସ୍ୱାମୀ ହତବାକ୍ ହେଇ ପଚାରୁଥିଲେ କ'ଣ ହେଲା ମାନସୀ ? ମୁଁ ସେମିତି କାନ୍ଦି କାନ୍ଦି କହୁଥିଲି ଆମ ନାତି ଯେଉଁ ସ୍କୁଲରେ ପଢୁଛି, ସେ ସ୍କୁଲକୁ ସନ୍ତ୍ରାସବାଦୀଙ୍କ କବଳରୁ ଏଇ ମେଜର ମନୋଜ ହିଁ ରକ୍ଷା କରିଥିଲେ। ସେ ମରି ମୋ ନାତି ପରି କେତେ ଛୁଆଙ୍କୁ ଜୀବନ ଦେଲେ। ଧିକ୍ ମୋ ଜୀବନ, ମାତ୍ର ତିନିମାସର ବିବାହିତା ଗୋଟେ ଶହିଦ୍‌ର ବିଧବା ଆଉ ଶ୍ୱଶୁରଙ୍କ ଦାୟିତ୍ୱ ନେଇ ବାସ୍ ନିଜ ଗଛ ଲତାକୁ ନିଜ ଛୁଆ ଭଳି ସ୍ନେହ ବାଢୁଛି, ବାସ୍ ନିଜ ଭିତର ଦୁଃଖକୁ ରଙ୍ଗ ବେରଙ୍ଗ ଫୁଲ ବଗିଚାରେ ଭରି ସେ ତା ଜୀବନର ବେରଙ୍ଗତାକୁ ଲୁଚାଇ ଚାଲିଥିଲା ଆଉ ମୁଁ କେତେ ନିଚ କଥା ସବୁ ଛି....ଛି.....

ବାସ୍ ସକାଳୁ ଉଠି ଆଉ ଚା ନ କରି ମୋ ସ୍ୱାମୀଙ୍କୁ ଡାକିଲି ଆସ, ସେ ପଚାରିଲେ କୁଆଡେ ? ଶହିଦ୍ ଭବନକୁ ସେ ନ ଫେରିବା ଯାଏଁ, ଆମ ପାଣି ପାଇପଟା ପାଚେରୀ ପାରକରି ବଗିଚାକୁ ଜୀବନ ଦେବା। ମୋ ସ୍ୱାମୀ ତାଟକା... ତଥାପି ଚାଲିଲେ। ମୁଁ ଗଛଗୁଡିକୁ ପାଣି ଦେବାରେ ଲାଗିଲି, ମନେମନେ କହୁଥିଲି ଏ ଶହିଦ୍ ଭବନରେ ଆଉ ଗୋଟେ ଲତାକୁ ବି ମରିବାକୁ ଦେବିନି, ସେତିକି ବେଳେ ଛବି ଆସିଲା, ଆରେ ମା' ଏ କ'ଣ ଆପଣ ଠିକ୍ ଅଛନ୍ତି ତ ? ତାକୁ କହିଲି ହଁ ଏବେ ଠିକ୍ ଅଛି, ଆଗରୁ ସେ ପ୍ରହେଳିକା କାଲି ମୋ ଆଖିରୁ ଲୁହ ହେଇ ବୋହି ଯାଇଛି, ଆ' ତୁ ବି ଲାଗିପଡ, ଘର କାମ ପରେ ହବ। ଏ ଶହିଦ୍ ଭବନ ସବୁ ବେଳେ ଫୁଲ, ପତ୍ର, ରଙ୍ଗ, ବାସ୍ନାରେ ଭରି ରଖିବା ଦାୟିତ୍ୱ ଆମର.......

# ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥର ଶୁଭାରମ୍ଭ



ବାଲେଶ୍ୱର (ପିଏନ୍)- ଶିଶୁ ଶ୍ରମ ନିରାକରଣ, ଶିଶୁମାନଙ୍କ ଅଧିକାର ଏବଂ ବେଆଇନ ଭାବେ ଶିଶୁଙ୍କୁ କାର୍ଯ୍ୟରେ ନିୟୋଜନ ପାଇଁ ଆଇନରେ ରହିଥିବା ଦଣ୍ଡ ବ୍ୟବସ୍ଥା ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ଏକ "ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥ" ଆଜି ପୂର୍ବାହ୍ନରେ ସ୍ଥାନୀୟ ପ୍ରଭାଗୀୟ ଶ୍ରମ ଆୟୁକ୍ତଙ୍କ କାର୍ଯ୍ୟାଳୟରୁ ଯାତ୍ରା ଆରମ୍ଭ କରିଛି । ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତୀ ପତାକା ଦେଖାଇ ଏହାର ଶୁଭାରମ୍ଭ କରିଛନ୍ତି । ଓଡିଶା ସରକାରଙ୍କ ଶ୍ରମ ଓ ରାଜ୍ୟ କର୍ମଚାରୀ ବିଭାଗ, ବାଲେଶ୍ୱର ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ଶ୍ରମ ବିଭାଗର ମିଳିତ ଆନୁକୂଲ୍ୟରେ ଶିଶୁ ଶ୍ରମିକ ଉଚ୍ଛେଦ ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିବା ବେଳେ ଏହି ରଥ ଜିଲ୍ଲାର ବିଭିନ୍ନ ସହରାଂଚଳ ଓ ବ୍ଲକ ଗସ୍ତ କରି ଲୋକମାନଙ୍କୁ ଶିଶୁ ଶ୍ରମିକ ନିରାକରଣ ସମ୍ପର୍କରେ ସଚେତନ କରିବ । ୧୪ ବର୍ଷ ପୂର୍ଣ୍ଣ କରି ନ ଥିବା ଶିଶୁଙ୍କୁ କୌଣସି ପ୍ରକାର ବୃତି ଏବଂ ପ୍ରକ୍ରିୟାରେ ତଥା ୧୫ ବର୍ଷରୁ ୧୮ ବର୍ଷ ବୟସର କିଶୋରଙ୍କୁ ବିପଦସଙ୍କୁଳ ବୃତି ଓ ପ୍ରକ୍ରିୟାରେ ନିୟୋଜନ କରିବା ଏକ ଧର୍ତବ୍ୟ ଅପରାଧ ହୋଇଥିବା ବେଳେ ଏପରି ନିୟୋଜନ କରିଥିବା ବ୍ୟକ୍ତିଙ୍କୁ ୫୦ହଜାର ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସହ କାରାଦଣ୍ଡ ପାଇଁ ଆଇନରେ ବ୍ୟବସ୍ଥା ରହିଛି । କିଛି ଦିନର ସଚେତନତା କାର୍ଯ୍ୟକ୍ରମ ପରେ ଜିଲ୍ଲା ଶ୍ରମ ବିଭାଗ ପକ୍ଷରୁ ବିଭିନ୍ନ ବ୍ୟବସାୟିକ ପ୍ରତିଷ୍ଠାନ, କାର୍ଯ୍ୟାଳୟ ଏବଂ ଅନ୍ୟାନ୍ୟ ଅଂଚଳରେ ଚଢଉ ଆରମ୍ଭ କରାଯାଇ ଜିଲ୍ଲାରେ ଶିଶୁ ଶ୍ରମିକଙ୍କ ବାସ୍ତବିକ୍ ସ୍ଥିତିର ଆକଳନ କରାଯିବା ସହିତ ଆଇନ ଉଲ୍ଲଙ୍ଘନ କ୍ଷେତ୍ରରେ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରଭାଗୀୟ ଶ୍ରମ ଆୟୁକ୍ତ ଶ୍ରୀ ଅଜୟ କୁମାର ପ୍ରଧାନ ସୂଚନା ଦେଇଛନ୍ତି । ଏହି ଅବସରରେ ଆମ ଜିଲ୍ଲା ତଥା ରାଜ୍ୟକୁ ଶିଶୁ ଶ୍ରମ ମୁକ୍ତ କରିବା ପାଇଁ ଜିଲ୍ଲାପାଳ ଶ୍ରୀ ଚକ୍ରବର୍ତୀ ସମସ୍ତଙ୍କ ସହଯୋଗ କାମନା କରିଥିବା ବେଳେ ଜିଲ୍ଲା ଶ୍ରମ ଅଧିକାରୀ ଶ୍ରୀ ବୃନ୍ଦାବନ ସେଠୀ, ଜିଲ୍ଲା ଶିଶୁ ମଙ୍ଗଳ କମିଟିର ସଦସ୍ୟ, ବିଭିନ୍ନ ଅନୁଷ୍ଠାନର କର୍ମକର୍ତାମାନଙ୍କ ସମେତ ଅନ୍ୟ ବିଭାଗୀୟ ଅଧିକାରୀମାନେ ଆଜିର କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

# ୫-ଟି ଯୋଜନାରେ ବଦଳୁଛି ସ୍କୁଲର ନକ୍ସା, ସୃଦୃଢ ହେଉଛି ଶିକ୍ଷା ବ୍ୟବସ୍ଥା



ଧର୍ମଶାଳା (ପିଏନ୍): ବିଦ୍ୟାଳୟଗୁଡିକର ଭିତିଭୂମିକୁ ସୁଦୃଢ଼ କରିବା ସହିତ ଛାତ୍ରଛାତ୍ରୀମାନଙ୍କ ପାଇଁ ଶୈକ୍ଷିକ ବାତାବରଣ ସୃଷ୍ଟି କରିବା ଲକ୍ଷ୍ୟରେ ରାଜ୍ୟ ସରକାର ୫-ଟି ମାଧ୍ୟମରେ ସବୁ ପ୍ରକାର ବ୍ୟବସ୍ଥା କରୁଛନ୍ତି। ଏହି ୫-ଟି ମାଧ୍ୟମରେ ରୂପାନ୍ତରିତ ସ୍ମାର୍ଟ କ୍ଲାସ ରୁମରେ ବସି ପାଠ ପଢ଼ିବା ସହିତ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରୁଛନ୍ତି ଛାତ୍ରଛାତ୍ରୀ। ଧର୍ମଶାଳା ବ୍ଲକରେ ପ୍ରଥମ ପର୍ଯ୍ୟାୟରେ ୬ଟି ହାଇସ୍କୁଲ ରୂପାନ୍ତରଣ ହୋଇଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ଆଉ ୨୫ଗୋଟି ବିଦ୍ୟାଳୟର ରୂପାନ୍ତରଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଂଚିଛି। ଚକାଚକ୍ କ୍ଲାସ ରୁମ। ରୂପାନ୍ତରିକରଣ ପରେ ବଦଳୁଛି କ୍ଲାସ ରୁମର ନକ୍ସା। ଛାତ୍ରଛାତ୍ରୀମାନଙ୍କ ପଢିବା ପାଇଁ ସୁନ୍ଦର ବେଂଚ୍ ଓ ଡେକ୍ସର ବ୍ୟବସ୍ଥା ସହ ଅତ୍ୟାଧୁନିକ ଜ୍ଞାନ କୌଶଳର ବିନିଯୋଗ ହୋଇଛି। ଏହି ଯୋଜନାରେ ଧର୍ମଶାଳା ବ୍ଲକ ଜାରକା ପଂଚାୟତର ଅମରେଶ୍ୱରୀ ଉଚ୍ଚ ବିଦ୍ୟାଳୟ ସୁନ୍ଦର ପରିବେଶ ସାଙ୍ଗକୁ ଶିକ୍ଷା ପ୍ରତି ପିଲାମାନଙ୍କୁ ଆକୃଷ୍ଟ କଲା ଭଳି ବ୍ୟବସ୍ଥାକରାଯାଇଛି । ଏଠାରେ ଗୁଣାତ୍ମକ ଶିକ୍ଷାର ମାନ ବୃଦ୍ଧି ପାଇଁ ସ୍ମାର୍ଟ କ୍ଲାସ ରୁମ, ଇ-ଲାଇବ୍ରେରୀ, ଅତ୍ୟାଧୁନିକ ଲ୍ୟାବ, କମ୍ପ୍ୟୁଟର ହଲର ବ୍ୟବସ୍ଥା ହୋଇଛି। ଡିଜିଟାଲ ବୋର୍ଡରେ ପାଠପଢି ସ୍ମାର୍ଟ ହେଉଛନ୍ତି ଛାତ୍ରଛାତ୍ରୀ। ନୂଆ ରୂପରେ ହାଇସ୍କୁଲ ଝଲସୁଥିବା ବେଳେ କ୍ଲାସ ରୁମରେ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରିଛନ୍ତି ଛାତ୍ରଛାତ୍ରୀ। ରାଜ୍ୟ ସରକାରଙ୍କ ଏଭଳି ଶିକ୍ଷା ବ୍ୟବସ୍ଥାକୁ ପ୍ରଶଂସା କରୁଛନ୍ତି ଅଧ୍ୟୟନରତ ଛାତ୍ରଛାତ୍ରୀ, ସ୍କୁଲର ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଅଭିଭାବକ। ବିଦ୍ୟାଳୟରେ କେବଳ ପାଠପଢା ନୁହେଁ ଏହି ବ୍ୟବସ୍ଥାରେ ଆନୁସଙ୍ଗିକ ଉପକରଣ ସହ ଶାରିରୀକ ଶିକ୍ଷା ପ୍ରତି ମଧ୍ୟ ଧ୍ୟାନ ଦିଆଯାଉଛି। ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ବିଭିନ୍ନ ସ୍କୁଲର ରୂପାନ୍ତରଣ କାର୍ଯ୍ୟ ବୁଲି ଦେଖିବା ସହିତ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିଛନ୍ତି।

# ମହିଳାମାନଙ୍କ ରୋଜଗାରର ମାଧ୍ୟମ ସାଜିଛି ଧୂପକାଠି



ଖୋର୍ଦ୍ଧା (ପିଏନ)- ବୋଲଗଡ ବ୍ଲକ ଗେଡିଆପଲ୍ଲୀ ପଂଚାୟତ ଅନ୍ତର୍ଗତ ସାଲତରା ଗ୍ରାମରେ ୨୦୧୮ ମସିହାରୁ ଯାଜ୍ଞସେନୀ ପ୍ରତ୍ୟୁସର ମହିଳା ଗ୍ରୁପ ଓରମାସ ସହଯୋଗରେ ଭଡାଘରେ ଧୂପକାଠି ତିଆରି କରି ମହିଳାଙ୍କୁ ଆତ୍ମନିର୍ଭରଶୀଳ କରି ପାରିଛି । ଯାହାକି ୬ ଟି ମେସିନରେ ୩୦ ଜଣ ମହିଳା ସିଫ୍ଟ ଅନୁଯାଇ ଦିନକୁ ୩ କ୍ୱିଂଟାଲ ଧୂପକାଠି ବାହାର କରି ଖରାରେ ଶୁଖାଇ ଝୁଣା, ଗୁଗୁଳ, କସ୍ତୁରୀ ଓ ଚନ୍ଦନ ବତୀ କରି ବିଭିନ୍ନ ଓଜନର ପ୍ୟାକେଟ ପ୍ରସ୍ତୁତ କରିଥାନ୍ତି। ଏହା ଅଧକିଲୋ ପ୍ୟାକେଟରେ ୫ଶହ ଧୂପକାଠିକୁ ୧ ଶହ ଟଙ୍କାରେ ବିକ୍ରୀ କରିଥା'ନ୍ତି। ଏହି ବତୀଗୁଡିକ ନିର୍ମାଣରେ ବ୍ୟବହୃତ ହେଉଥିବା କଂଚାମାଲ ଯଥା: ବାଉଁଶକାଠି,କୋଇଲା ଗୁଣ୍ଡ (ଚାର୍ପୁଲ) ଓ ଉଡ ପାଉଡର ଦି ଗ୍ରେଡ(ଜୋଶ ପାଉଡର)କୁ କଟକ ଜିଲ୍ଲା ଜଗତପୁରଠାରୁ ଆଣିଥାନ୍ତି। ଏହା କମ ଦରରେ ଅଧିକ କାଠି ରହିଥିବାରୁ ବିଭିନ୍ନ ବ୍ୟବସାୟୀମାନେ କିଣିନେଇଥାନ୍ତି। ଏତଦ୍‌ବ୍ୟତୀତ ବିଭିନ୍ନ ଜିଲ୍ଲାରେ ହେଉଥିବା ଓରମାସର ପଲ୍ଲିଶ୍ରୀ ମେଳାରେ ଯୋଗଦେଇ ବିକ୍ରୀ କରିଥାନ୍ତି ବୋଲି ସଭାପତି ଝରଣା ଦଳେଇ ଓ ସମ୍ପାଦକ ସୁଶ୍ରୀ ସଙ୍ଗୀତା ନାୟକ କହିଛନ୍ତି। ଯଦି ସରକାରଙ୍କ ପକ୍ଷରୁ ଅଧିକ ସହଯୋଗ ମିଳିବ ତେବେ ନିଯୁକ୍ତିର ହାର ବଢିବା ସହ ଉତ୍ପାଦନ ଶକ୍ତି ବଢିପାରିବ ବୋଲି ସେମାନେ ଆଶା କରିଛନ୍ତି।

# କନକମଂଜରୀ ମହାବିଦ୍ୟାଳୟରେ ଉତ୍ତର କହିଛନ୍ତି ଅଧାପକ



ଘଷିପୁରା (ପିଏନ୍): ଆନନ୍ଦପୁର ଉପଖଣ୍ଡ ଶାଳପଡା ସ୍ଥିତ କନକ ମଂଜରୀ ମହିଳା ମହାବିଦ୍ୟାଳୟରେ ଯୁକ୍ତଦୁଇ ପରୀକ୍ଷା ଚାଲିଥିଲା ଏବଂ ଏହା ହୋଇଥିଲା ଏକ ହବ୍ ସେଣ୍ଟର ଯେଉଁଠି କି ପରୀକ୍ଷାର୍ଥୀଙ୍କୁ ଉତ୍ତର ଡାକି ଦେଇଥିଲେ ଅଧାପକ । ଏଭଳି ଏକ ସଙ୍ଗୀନ ଅଭିଯୋଗ ଇ ମେଲ ଦ୍ୱାରା ଶିକ୍ଷା ବିଭାଗକୁ ଜଣାଇଛନ୍ତି ଜଣେ ଅଭିଭାବକ ଅଳୀ ପ୍ରଧାନ । ଅଭିଯୋଗକାରିଣୀ ଅଳୀ ପ୍ରଧାନଙ୍କ ଝିଅ କହିବା ଅନୁସାରେ କଲେଜରେ ସିସିଟିଭି ଲାଗିଥିବା ସତ୍ତ୍ୱେ ଅଧାପକମାନେ ଉତ୍ତର ଡାକି ଦେଉଥିଲେ। ଫଳରେ ସେମାନେ ୧୫ଜଣ ଝିଅ ଯୁକ୍ତଦୁଇ ପରୀକ୍ଷା ଦେଉଥିବା ବେଳେ ଅସୁବିଧାର ସମ୍ମୁଖୀନ ହୋଇଥିଲେ । ସେହି ୧୫ ଝିଅ ଅଧ୍ୟକ୍ଷ ଶ୍ରୀ ପ୍ରଦୀପ ମହାନ୍ତିଙ୍କୁ ଯାଇ ଅନୁରୋଧ କରିଥିଲେ ଏବଂ ସେହି ୧୫ଜଣ ଝିଅଙ୍କୁ ଅଲଗା ଗୋଟିଏ ରୁମ୍‌ରେ ପରୀକ୍ଷା କରାଇବାକୁ କହିଥିଲେ। କାରଣ ଏଭଳି ଉତ୍ତର ଡାକିଲା ବେଳେ ସେମାନଙ୍କର ଏକାଗ୍ରତା ଭଙ୍ଗ ହେଉଥିଲା । ଅଧକ୍ଷ ଶ୍ରୀ ମହାନ୍ତି ସେହି ଛାତ୍ରୀମାନଙ୍କ କଥାକୁ ଭୃକ୍ଷେପ ନକରିବାରୁ ସେହି ୧୫ଜଣ ଛାତ୍ରୀ ଶିକ୍ଷା ବିଭାଗକୁ ଇମେଲ ଜରିଆରେ ଅଭିଯୋଗ କରିଥିବା ଜଣାପଡିଛି ।

# ଝୁମ୍ପୁରା ପଂଚାୟତ ସମିତିର ବୈଠକ ଅନୁଷ୍ଠିତ



କେନ୍ଦୁଝର (ପିଏନ୍): ଝୁମ୍ପୁରା ପଂଚାୟତ ସମିତି କାର୍ଯ୍ୟାଳୟରେ ନିକଟରେ ଅନୁଷ୍ଠିତ ହୋଇଯାଇଛି ପଂଚାୟତ ସମିତିର ବୈଠକ। ବ୍ଲକ ଅଧ୍ୟକ୍ଷା ମାଳତୀ ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପାଟଣା ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡର ଅଧ୍ୟକ୍ଷ ଜଗନ୍ନାଥ ନାଏକ, ସଦର ବିଧାୟକ ମୋହନଚରଣ ମାଝୀ, ସ୍ଥାନୀୟ ବିଡିଓ ବିଜୟ କୁମାର ନାୟକ, ବ୍ଲକ ଉପାଧକ୍ଷ ମାନସରଂଜନ ବିଶ୍ୱାଳ, ଏବିଡିଓ ଚୁନୁ ହାଁସଦାଃ, ସହକାରୀଯନ୍ତ୍ରୀ କୃଷ୍ଣଚନ୍ଦ୍ର ସାହୁ , ବ୍ଲକ ସ୍ତରୀୟ ସମସ୍ତ କନିଷ୍ଠ ଯନ୍ତ୍ରୀ, ଶିଶୁବିକାଶ ବିଭାଗ, ଗ୍ରାମ୍ୟ ପାନୀୟ ଜଳ ଯୋଗାଣ, ଉଦ୍ୟାନ ବିଭାଗ, କୃଷି ବିଭାଗ,ମତ୍ସ୍ୟ ବିଭାଗ, ସ୍ୱାସ୍ଥ୍ୟ ବିଭାଗ, ଶିକ୍ଷା ବିଭାଗ, ବିଦ୍ୟୁତ ବିଭାଗର ଅଧିକାରୀ ଗଣ ଉପସ୍ଥିତ ରହିଥିଲେ। ବୈଠକରେ ଝୁମ୍ପୁରା ବ୍ଲକର ୨୨ଗୋଟି ଗ୍ରାମ ପଂଚାୟତର ସରପଂଚ, ସମିତି ସଭ୍ୟ/ସଭ୍ୟାଙ୍କ ସହିତ ୩ଟି ଜୋନର ଜିଲା ପରିଷଦ ସଭ୍ୟ ଯୋଗ ଦେଇଥିଲେ । ବୈଠକରେ ମନରେଗା ଏବଂ ଗ୍ରାମାଚଂଳରେ ପାନୀୟ ଜଳ ସମସ୍ୟା ନେଇ ଉଦ୍‌ବେଗ ପାଇଥିବା ବେଳେ ଅଙ୍ଗନବାଡୀ କେନ୍ଦ୍ରଗୁଡିକରେ ନିୟମିତ ଖାଦ୍ୟ ଏବଂ ସଠିକ୍ ପରିମାଣ ଅଣ୍ଡା ଦିଆଯାଉ ନଥିବା ଅଭିଯୋଗ ହୋଇଥିଲା । ଶିକ୍ଷା, ସ୍ୱାସ୍ଥ୍ୟ, ରାସ୍ତା,ଭତା ସମ୍ପର୍କିତ ବିଭିନ୍ନ ପଂଚାୟତ ପ୍ରତିନିଧିଙ୍କ ସମସ୍ୟାଗୁଡିକ ଉପରେ ସବିଶେଷ ଆଲୋଚନା କରାଯାଇ ସମାଧାନ ନିମନ୍ତେ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯିବା ପ୍ରସ୍ତାବ ଗୃହିତ ହୋଇଥିଲା।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଡାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରାଜର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍ କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶ୍ୟକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ଼ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ହୋଇଥିବାରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତୀବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୁମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋତ୍ସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'1 ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଳାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟେ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଡଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ

କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୁବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଠକୀୟତା ଅର୍ଜନ କରିଛି । ଡଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧ୍ୟକ୍ଷ ଡଃ. ଅମୀୟ ଜେନା, ପ୍ରାଧ୍ୟାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଲା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଡ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୂନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଡ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତାକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।


2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com

Find us on
Facebook.com/Mps, Baripada

## ଅନ୍ତର୍ଜାତୀୟ ଯୋଗ ଦିବସରେ ଓଡିଶା ଆର୍ଥ୍ରାଇଟିସ୍ ଓ ରିଉମାଟୋଲୋଜି ଫାଉଣ୍ଡେସନ୍ ଟ୍ରଷ୍ଟ ଆନୁକୂଲ୍ୟରେ ଯୋଗ ଶିବିର

ଭୁବନେଶ୍ୱର,(ପି.ଏନ): ଯୋଗ ହେଉଛି ଏକ ଶାରୀରିକ, ମାନସିକ ଏବଂ ଆଧାତ୍ମିକ ଅଭ୍ୟାସ ଯାହା ପ୍ରାଚୀନ ଭାରତରେ ଉତ୍ପନ୍ନ ହୋଇଥିଲା । ୨୦୧୪ ରେ ଜାତିସଂଘର ସମ୍ବୋଧନରେ ଭାରତୀୟ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜୁନ୍ ୨୧ ତାରିଖକୁ ଆନ୍ତର୍ଜାତୀୟ ଯୋଗ ଦିବସ ଭାବେ ପାଳନ କରିବାକୁ ପରାମର୍ଶ ଦେଇଥିଲେ କାରଣ ଏହା ଉତ୍ତର ଗୋଲାର୍ଦ୍ଧରେ ବର୍ଷର ସବୁଠାରୁ ଲମ୍ବା ଦିନ ଏବଂ ବିଶ୍ୱ ରେ ଅନେକ ସ୍ଥାନରେ ଏହାର ବିଶେଷ ମହତ୍ତ୍ୱ ରହିଛି । ଆଜି ବିଶ୍ୱ ବର୍ଷ ରେ ଲୋକମାନେ ଦଶମ ଅନ୍ତର୍ଜାତୀୟ ଯୋଗ ଦିବସକୁ ଉତ୍ସାହ ର ସହିତ ପାଳନ କରୁଛନ୍ତି । ଆର୍ଥ୍ରାଇଟିସ୍ ରୋଗୀଙ୍କୁ ଯନ୍ତ୍ରଣା ଏବଂ କଠିନତା ଭଳି ଅନେକ ଶାରୀରିକ ଲକ୍ଷଣ , ଚାପ ଏବଂ ଚିନ୍ତା ପରି ମାନସିକ ସମସ୍ୟାରେ ଉନ୍ନତି ଆଣିବାରେ ଯୋଗ ପ୍ରମାଣସିଦ୍ଧ ହୋଇଛି । ବିଭିନ୍ନ ପ୍ରକାରର ଆର୍ଥ୍ରାଇଟିସ୍ ଥିବା ବ୍ୟକ୍ତି ଯେଉଁମାନେ ନିୟମିତ ଭାବରେ ଯୋଗ ଅଭ୍ୟାସ କରନ୍ତି, ସେମାନେ ଗଣ୍ଠି ଯନ୍ତ୍ରଣାକୁ ହ୍ରାସ କରିପାରିବେ ତଥା ଗଣ୍ଠିର ନମନୀୟତା ଏବଂ କାର୍ଯ୍ୟରେ ଉନ୍ନତି କରିପାରିବେ । ଶାରୀରିକ କାର୍ଯ୍ୟକଳାପ ବୃଦ୍ଧି ପାଇଁ ଯୋଗ ହେଉଛି ଏକ ନିରାପଦ ଏବଂ ପ୍ରଭାବଶାଳୀ ଉପାୟ ।ଓଡିଶା ଆର୍ଥ୍ରାଇଟିସ୍ ଓ ରିଉମାଟୋଲୋଜି ଫାଉଣ୍ଡେସନ୍ ଟ୍ରଷ୍ଟ (ଓ.ଏ.ଆର.ଏଫ.ଟି) ଏବଂ ଓଡିଶା ଆର୍ଥ୍ରାଇଟିସ୍ ଓ ରିଉମାଟୋଲୋଜି ସେଣ୍ଟର (ଓ.ଏ.ଆର.ସି,) ର ମିଳିତ ଆନୁକୂଲ୍ୟରେ ଏକ ଯୋଗ ସଚେତନତା



ଶିବିର ଅନୁଷ୍ଠିତ ହୋଇଥିଲା, ଓ.ଏ.ଆର.ସି. ର ମେଡିକାଲ୍ ନିର୍ଦ୍ଦେଶକ ତଥା ରାଜ୍ୟର ଖ୍ୟାତନାମା ରିଉମାଟୋଲୋଜିଷ୍ଟ୍ ପ୍ରଫେସର ଡାକ୍ତର ଜ୍ୟୋତି ରଞ୍ଜନ ପରିଡା ଏହି ଦିବସ ର ମହତ୍ତ୍ୱ ଓ ଆର୍ଥ୍ରାଇଟିସ୍ ରୋଗରେ ଯୋଗ ର ଉପକାରିତା ସମ୍ପର୍କରେ ଆଲୋକପାତ କରିଥିଲେ । ମୁଖ୍ୟ ଅତିଥି ଭାବେ ବରିଷ୍ଠ ଚିକିତ୍ସକ ପ୍ରଫେସର ଡାକ୍ତର ବିଜୟ କୁମାର ମିଶ୍ର ଏହି ଶିବିର ରେ ଯୋଗର ପ୍ରାଧାନ୍ୟତା ବିଷୟରେ ସୂଚନା ପ୍ରଦାନ କରିଥିଲେ । ଏହି ଅବସରରେ ଯୋଗ ଗୁରୁ ଶ୍ରୀ ଗଣେଶ ଗୋଚିକର ଯୋଗ ଦେଇ ଉପସ୍ଥିତ ଲୋକ ମାନଙ୍କୁ ଆର୍ଥ୍ରାଇଟିସ୍ ରୋଗୀଙ୍କ ପାଇଁ ସହାୟକ ଯୋଗ ଶିଖାଇଥିଲେ । ଭୁବନେଶ୍ୱରର ସହୀଦ ନଗରଠାରେ ଥିବା ଓଡିଶା ଆର୍ଥ୍ରାଇଟିସ୍ ଆଣ୍ଡ୍ ରିଉମାଟୋଲୋଜି ସେଣ୍ଟର (ଓ.ଏ.ଆର.ସି), ଆର୍ଥ୍ରାଇଟିସ୍ ପାଇଁ ଏକ ଅଗ୍ରଣୀ କେନ୍ଦ୍ର ଯାହା ଅଟୋ ଇମ୍ୟୁନ ରେ ପୀଡିତ ଲୋକମାନଙ୍କୁ ଉନ୍ନତ ରିଉମାଟୋଲୋଜି ଚିକିତ୍ସା ପ୍ରଦାନ କରିଥାଏ । ଅଳ୍ପ ସମୟ ମଧ୍ୟରେ ଏହା ଆର୍ଥ୍ରାଇଟିସ୍ ଓ ଅଟୋଇମ୍ୟୁନ୍ ରୋଗ ଚିକିତ୍ସା ପାଇଁ ସବୁଠାରୁ ବିଶ୍ୱସ୍ତ ଚିକିତ୍ସା ଅନୁଷ୍ଠାନ ଭାବେ ବିକଶିତ ହୋଇଛି । ଏହା ସୁପର ସ୍ପ?ଶାଳିଟି ରିଉମାଟୋଲୋଜି ପରାମର୍ଶ ସମେତ ସମସ୍ତ ଅତ୍ୟାଧୁନିକ ସୁବିଧା ଯୋଗାଇ ଦେଉଛି, ଷ୍ଟେଟ୍ ଅଫ୍ ଆର୍ଟ ଅଟୋ ଆଣ୍ଟିବଡି ଲ୍ୟାବ୍, ଅତ୍ୟାଧୁନିକ ଜୈବ ଚିକିତ୍ସା, ଏହି ରୋଗୀମାନଙ୍କୁ ସାହାଯ୍ୟ କରିବା ପାଇଁ ଅନୁକମ୍ପାମୂଳକ ସହାୟକ କର୍ମଚାରୀଙ୍କ ବ୍ୟତୀତ ବିକୃତିର ଯତ୍ନ ନେବା ପାଇଁ ସମର୍ପିତ ଫିଜିଓଥେରାପି ଉପଲବ୍ଧ ଅଛି । ଓଡିଶା ଆର୍ଥ୍ରାଇଟିସ୍ ଓ ରିଉମାଟୋଲୋଜି ଫାଉଣ୍ଡେସନ୍ ଟ୍ରଷ୍ଟ ର କାର୍ଯ୍ୟ ନିର୍ବାହୀ ନିର୍ଦ୍ଦେଶକ ଶ୍ରୀଯୁକ୍ତ ସ୍ମୃତି (ଝଗଜଟଞ୍ଜଓ) ରଞ୍ଜନ ପରିଡା କାର୍ଯ୍ୟ କୁ ପରିଚାଳନା କରିଥିଲେ ଓ ପରିଶେଷରେ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ଓ ଟ୍ରଷ୍ଟ ର ତଥା ଓଡିଶା ଆର୍ଥ୍ରାଇଟିସ ଆଣ୍ଡ ରୀଉମାଟୋଲୋଜି ସେଣ୍ଟର ର ସମସ୍ତ କର୍ମଚାରୀ ଉପସ୍ଥିତ ରହି କାର୍ଯ୍ୟକ୍ରମ କୁ ସୁପରିଚାଳନା କରିବାରେ ସହଯୋଗ କରିଥିଲେ ।

## ଜାରକା ଫ୍ଲାଏ ଓଭର ତଳେ ୩ ଦିନ ହେଲା ଛିଡା ହୋଇଥିବା କାରଟି କାହାର

ଧର୍ମଶାଳା, (ପିଏନ୍): ଧର୍ମଶାଳା ଥାନା ୧୬ନଂ ଜାତୀୟ ରାଜପଥ ଜାରକା ଓଭର ବ୍ରିଜ ତଳେ ଗତ ୩ ଦିନ ହେଲା ଛିଡା ହୋଇଥିବା ଏକ କାରଟି କାହାର ବୋଲି ସାଧାରଣରେ ପ୍ରଶ୍ନ ଉଠିଛି । ସୂଚନା ମୁତାବକ, ଗତ ୩ଦିନ ହେବ ଜାରକା ଓଭର ବ୍ରିଜ ତଳେ ଏକ ହୋଣ୍ଡା କମ୍ପାନୀର ଇଏନ ଧଳାରଙ୍ଗ ଓଡ଼ି୩୩ଏନ୍-୩୧୯୫୮ ନମ୍ବର ବିଶିଷ୍ଟ କାର ଛିଡା ହୋଇରହିଛି । ୩ ଦିନ ହେଲା କାରଟି ଛିଡା ହୋଇଥିବା ବେଳେ ଏହାକୁ କେହି ନେଉ ନଥିବାରୁ ଲୋକଙ୍କ ମଧ୍ୟରେ ସନ୍ଦେହ ବଢ଼ିବାରେ ଲାଗିଛି । ଆଜି କାରର ନମ୍ବରକୁ ନେଇ ଚଣ୍ଡିଖୋଲସ୍ଥିତ ଆଂଚଳିକ ପରିବହନ ଅଧିକାରୀଙ୍କ କାର୍ଯ୍ୟାଳୟରୁ ମିଳିଥିବା ତଥ୍ୟ ଆଧାରରେ ଜେନାପୁର ଥାନା ପାରିକ୍ଷେତ ଗ୍ରାମର ଚିନ୍ମୟ ପାତ୍ରଙ୍କ ନାମରେ କାରଟି ରହିଥିବା ସୂଚନା ମିଳିଛି । କାରଟି ଜାରକା ବିଟ ହାଉସର ୫୦ ମିଟର ବ୍ୟବଧାନରେ ରହିଛି । ଦୀର୍ଘ ୪ ଦିନ ହେଲା କାରଟି ଏଠାରେ ଛିଡା ହୋଇ ରହିଥିବା ବେଳେ ପୁଲିସ ପକ୍ଷରୁ କୌଣସି ତତ୍ପରତା ପ୍ରକାଶ ନପାଇବା ସାଧାରଣରେ ଉଦବେଗ ପ୍ରକାଶ ପାଇଛି । ତେବେ କାରଟିକୁ ଥାନାକୁ ଅଣାଯାଇ ତଦନ୍ତ କରାଯିବ ବୋଲି ଥାନା ଅଧିକାରୀ ସୂଚନା ଦେଇଛନ୍ତି ।

### ଯୁବତୀଙ୍କୁ ବିବାହ ପ୍ରତିଶ୍ରୁତି ଦେଇ ଅନ୍ୟତ୍ର ବିବାହ କରୁଥିବା ଯୁବକ

ଧର୍ମଶାଳା, (ପିଏନ୍): ଧର୍ମଶାଳା ଥାନା ଅଂଚଳରେ ଜଣେ ଯୁବତୀଙ୍କୁ ବିବାହ ପ୍ରତିଶ୍ରୁତି ଦେଇ ଅନ୍ୟତ୍ର ବିବାହ କରୁଥିବା ଅଭିଯୋଗରେ ପୁଲିସ ସମ୍ପୃକ୍ତ ଯୁବକ ଗିରଫ କରିଛି । ସୂଚନା ମୁତାବକ, ଧର୍ମଶାଳା ଥାନା କାଏମା ଅଂଚଳର ଜଣେ ଯୁବତୀଙ୍କୁ କୁଆଖିଆ ଥାନା ଗୋପାଳପୁର ଗ୍ରାମର ପରମାନନ୍ଦ ଦାସଙ୍କ ପୁଅ ବିଜୟ କୁମାର ଦାସ(୩୦) ଦୀର୍ଘ ବର୍ଷ ହେବ ବିବାହ ପ୍ରଲୋଭନ ଦେଖାଇ ଶାରିରୀକ ସମ୍ପର୍କ ରଖି ଆସୁଥିଲା । ତେବେ ଯୁବତୀଙ୍କ ଅଗୋଚରରେ ସମ୍ପୃକ୍ତ ଯୁବକ ବ୍ରହ୍ମବରଦା ଅଂଚଳରେ ବିବାହ ପ୍ରସ୍ତାବ ଠିକ ହୋଇଥିବା ଜଣାପଡିଥିଲା ।

## Lost/ନିଖୋଜ

ମୁଁ ଅନନ୍ତ କୁମାର ଜେନା, ପିତା – ४ ମୁରଲୀଧର ଜେନା, ସା–ବିରିଡିହି, ପୋ–ଅଣିଜୋ, ଥା–ଆଗରପଡ଼ା, ଜି– ଭଦ୍ରକ, ଘୋଷଣା କରୁଅଛି ଯେ, ଗତ ତା ୨୮.୦୬.୨୪ ରିଖରେ ବାଇକ୍ ଯୋଗେ ନଳାଙ୍ଗ କୋର୍ଟରୁ ପୁରୁଣା କୋର୍ଟ, ଭଦ୍ରକକୁ ଆସୁଥିବାବେଳେ ମୋର କେତେକ ଦରକାରୀ ନଥିପତ୍ର ଥିବା ବ୍ୟାଗଟି ମୋ ଅଜ୍ଞାତରେ କେଉଁଠି ଖସିପଡ଼ିଛି । ଯେଉଁ ବ୍ୟାଗରେ ଥିବା କବଲା ନଂ. ୭୭, ତା ୨୭.୧୨.୧୯ ରିଖ ଜମିର କବଲା ଓ ଅନ୍ୟ ଜରୁରୀ କାଗଜାତମାନ ରହିଥିଲା । ମୁଁ ଉକ୍ତ ବୃତ୍ତିକୁ ବିଜୁଳି ଜେନା, ସ୍ୱା–४ ମୁରଲୀଧର ଜେନା, ସା–ବିରିଡିହି, ପୋ–ଅଣିଜୋ, ଥା–ଆଗରପଡ଼ା, ଜି– ଭଦ୍ରକଙ୍କ ଠାରୁ ମୌଜା–ବିରିଡିହି, ଖାତା ନଂ ୩୧୩/ ୨୩, ପ୍ଲଟ ନଂ ୭୦୩/ ୧୪୯୦ କିସମ–ଶାରଦ–୨ ଏରିଆ ଏ ୦.୦୬୦ ଡି. ଜମି ଖରିଦ କରିଅଛି । ମୁଁ ଏ ବିଷୟରେ ତା ୨୮.୦୬.୨୪ ରିଖରେ ଭଦ୍ରକ ସହରାଞ୍ଚଳ ଥାନାରେ ଏକ ରିପୋର୍ଟ କରିଅଛି ।

ସ୍ୱାକ୍ଷର/-
ଅନନ୍ତ କୁମାର ଜେନା






## କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ସ୍ନାତ୍ତୋକୋତ୍ତର ଛାତ୍ରଛାତ୍ରୀ ଭେଟିଲେ ଜିଲ୍ଲାପାଳଙ୍କୁ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟରେ ବିଭିନ୍ନ ବିଷୟରେ ସ୍ନାତ୍ତୋକୋତ୍ତର(ପିଜି) ଶିକ୍ଷା ପାଇଁ କ୍ଲାସ ଖୋଲିଥିଲେ ମଧ ପାଠ୍ୟକ୍ରମ ଚୟନ, ଶିକ୍ଷାଦାନ ଓ ପରିଚାଳନାରେ ଗୁରୁତର ବାଧା ସୃଷ୍ଟି ହୋଇଥିବା ଆଜି ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଛି । ଏହିସବୁ ସମସ୍ୟା ଗୁଡିକୁ ନେଇ ମହାବିଦ୍ୟାଳୟରେ ଛାତ୍ର ଅଶାନ୍ତି ସୃଷ୍ଟି ହୋଇଛି । ଏନେଇ ଆଜି କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ସ୍ନାତ୍ତୋକୋତ୍ତର(ପିଜି) ଛାତ୍ରଛାତ୍ରୀମାନେ ଜିଲ୍ଲାପାଳଙ୍କୁ ଭେଟି ଅଭିଯୋଗ କରିବା ସହିତ ଏସବୁ ସମସ୍ୟାର ତୁରନ୍ତ ସମାଧାନ କରାଯିବାକୁ ଦାବି କରିଛନ୍ତି । ଗତ ୨୦୧୭ମସିହାରୁ କେନ୍ଦ୍ରାପଡା ମହାବିଦ୍ୟାଳୟରେ ସମାଜଶାସ୍ତ୍ରରେ ସ୍ନାତ୍ତୋକୋତ୍ତର(ପିଜି) ଶ୍ରେଣୀ ଖୋଲିଥିବା ବେଳେ ୨୦୨୨ମସିହାରେ ଅନ୍ୟ ୧୪ଟି ବିଷୟରେ ସ୍ନାତ୍ତୋକୋତ୍ତର(ପିଜି) ଶ୍ରେଣୀ ଖୋଲିଛି । ତେବେ ମହାବିଦ୍ୟାଳୟର ବିଭିନ୍ନ ସ୍ନାତ୍ତୋକୋତ୍ତର ଶ୍ରେଣୀ ଗୁଡିକରେ ତିନିଶହରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବା ବେଳେ ମହାବିଦ୍ୟାଳୟର ପରିଚାଳନାଗତ ତ୍ରୁଟି, ଶିକ୍ଷାଦାନରେ ତ୍ରୁଟି ଓ ଅନ୍ୟାନ୍ୟ କାରଣ ନିମନ୍ତେ ସେମାନଙ୍କ ଭବିଷ୍ୟତ ଅନ୍ଧାର ହୋଇପଡିଥିବା ଛାତ୍ରଛାତ୍ରୀମାନେ ଅଭିଯୋଗ କରିଛନ୍ତି । ଏହି ସ୍ନାତ୍ତୋକୋତ୍ତର(ପିଜି) ଶ୍ରେଣୀରେ ଅଧ୍ୟୟନ ନିମନ୍ତେ ପ୍ରତ୍ୟେକ ଛାତ୍ର ୫୦ହଜାର ଟଙ୍କା ଫିସ କଲେଜକୁ ଦେଉଥିବା ବେଳେ ପ୍ରାୟ ୩ବର୍ଷ ହେବ ସଠିକ ଭାବରେ ପାଠପଢା ନହେବା, ଆଡମିଟ୍କାର୍ଡ ଠିକ ସମୟରେ ନମିଳିବା ଓ ପ୍ରମାଣପତ୍ର ଭବିଷ୍ୟତରେ ନମିଳିବାର ଆଶଙ୍କା ସୃଷ୍ଟି ହୋଇଥିବାରୁ ଛାତ୍ରଛାତ୍ରୀମାନେ ସେମାନଙ୍କ ଭବିଷ୍ୟତକୁ ନେଇ ସନ୍ଦିହାନ ହୋଇପଡିଛନ୍ତି । ୧୪ଟି ବିଭାଗରେ ସ୍ନାତ୍ତୋକୋତ୍ତର(ପିଜି) ଶିକ୍ଷାଦାନ ପାଇଁ ମହାବିଦ୍ୟାଳୟକୁ ସଂପୂର୍ଣ୍ଣ ଅନୁମୋଦନ ମିଳିନଥିବା ବେଳେ ନିୟମିତ କ୍ଲାସ ନହେବା ଓ ପିଜି ଛାତ୍ରଛାତ୍ରୀଙ୍କ ଦ୍ୱାରା +୩ ଶ୍ରେଣୀର ଖାତା ଦେଖାଯିବା ଘଟଣାକୁ ନେଇ ଛାତ୍ର ଅଶାନ୍ତି ସୃଷ୍ଟି ହୋଇଛି । ବିରୂପା ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟ ଭଳି ଏକ ବୃହତ ମହାବିଦ୍ୟାଳୟର ଅତିରିକ୍ତ ଅଧକ୍ଷ ଦାୟିତ୍ୱ ଦିଆଯାଇଥିବାରୁ ସେ କେନ୍ଦ୍ରାପଡା ମହାବିଦ୍ୟାଳୟର ବିଭିନ୍ନ ସମସ୍ୟା ସମେତ ଛାତ୍ରଛାତ୍ରୀମାନଙ୍କ ସମସ୍ୟା ବୁଝିବାକୁ ସମୟ ଦେଉନଥିବା ଜିଲ୍ଲାପାଳଙ୍କ ନିକଟରେ ଈଶ୍ୱର ଦାସ, ବିକାଶ ମହାରଣା, ପ୍ରଜ୍ଞାପରମିତା ବଳ, ଶୁଭଶ୍ରୀ ଦାସ, ସୌଭାଗ୍ୟ ଦାସ ଓ ଦେଶଦିପ ଦାସ ପ୍ରମୁଖ ଛାତ୍ରଛାତ୍ରୀମାନେ ଅଭିଯୋଗ କରିଛନ୍ତି । ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୁର ବିକାଶ ଏସବୁ ସମସ୍ୟାର ତୁରନ୍ତ ସମାଧାନ କରାଯିବ ବୋଲି ସେମାନଙ୍କୁ ପ୍ରତିଶୃତି ଦେଇଥିବା ଜଣାପଡିଛି । ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଅଭିଜିତ ବୋଷଙ୍କୁ ଏସମ୍ପର୍କରେ ପଚରାଯିବାରେ ସେ କହିଥିଲେ ଯେ ସମସ୍ୟାର ସମାଧାନ ପାଇଁ ଆବଶ୍ୟକ ପଦକ୍ଷେପ ନିଆଯାଉଛି ।

## ପାରଳାରେ ଓଡ଼ିଶା ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘ, ପାରଳାଖେମୁଣ୍ଡିର ସ୍ୱତନ୍ତ୍ର ବୈଠକ

ପାରଳାଖେମୁଣ୍ଡି,(ପି.ଏନ): ସ୍ଥାନୀୟ ଉତ୍କଳ ହିତୈଷିଣୀ ସମାଜ ସଭାଗୃହରେ ଅନୁଷ୍ଠାନର ଉପଦେଷ୍ଟା ଉପାନ୍ତପ୍ରହରୀ ପୂର୍ଣ୍ଣଚନ୍ଦ୍ର ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତହୋଇସାରିଛି । ଅନୁଷ୍ଠାନର ସଭାପତି ଅଶ୍ୱିନୀ କୁମାର ପାଢ଼ୀ ଆଜିର ଆଲୋଚନାର ପ୍ରାକ୍ ସୂଚନା ଦେବାପରେ ଉପ ସଭାପତି ବିଚିତ୍ରାନନ୍ଦ ବେବର୍ତ୍ତା ସମସ୍ତ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ । ଉର୍ମିଳା ବିନ୍ଧାଣୀ ରନ୍ ସଭା ଆରମ୍ଭରେ ବିଭୁ ବନ୍ଦନା ଗାନ କରିଥିଲେ ।ସମ୍ପାଦକ ସୁରେଶ ବେହେରା ଗତ ବୈଠକର କାର୍ଯ୍ୟକାରିତା ସୂଚନା ଦେବାପରେ ଅନ୍ୟତମ ଉପ ସଭାପତି ଆଶା ପାଣଗ୍ରାହୀ ମଞ୍ଚାସିନ ଥିଲେ । ଉପେନ୍ଦ୍ର ବିଶ୍ୱାଳ, ଅଶୋକ ଦାଶ, ରାଜେନ୍ଦ୍ର ବେହେରା,କାଶୀନାଥ ପାତ୍ର ପ୍ରଭୃତି ନିଜ ନିଜର ବକ୍ତବ୍ୟ ରଖିଥିଲେ । ନବ ନିର୍ବାଚିତ ମୁଖ୍ୟମନ୍ତ୍ରୀଙ୍କୁ ମଧ ଅବସରପ୍ରାପ୍ତ ସରକାରୀ କର୍ମଚାରୀ ରାଜ୍ୟ ଓ ଜିଲ୍ଲା ସ୍ତରରେ ଅସୁବିଧା ଗୁଡ଼ିକ ଏକ ସ୍ମାରକ ପତ୍ର ମାଧ୍ୟମରେ



ଭୁବନେଶ୍ୱରରେ ସାକ୍ଷାତ କରି ପ୍ରଦାନ କରାଯାଇଛି । ପାରଳଖେମୁଣ୍ଡି ସହରରେ ଟ୍ରାଫିକ ଅବ୍ୟବସ୍ଥା, ବୁଲା କୁକୁରର ପ୍ରାଦୁର୍ଭାବ, ଗାଇ ମାନଙ୍କ ପ୍ରତି ମାଲିକ ମାନଙ୍କ ଅବହେଳା ଯୋଗୁ ବରିଷ୍ଠ ନାଗରିକ ମାନେ ନାହିଁ ନଥିବା ହଟହଟା ହେବାକୁ ପଡୁଛନ୍ତି କହିଥିଲେ । ପ୍ରଶାସନ ପୌର ପାଳିକା ଏଥିପ୍ରତି ତୀକ୍ଷ୍ଣ ଦୃଷ୍ଟି ଦେବାପାଇଁ ଅନୁରୋଧ କରାଗଲା । କାର୍ଯ୍ୟକ୍ରମ ଶେଷରେ ସୁବାଷ ଚନ୍ଦ୍ର ବେହେରା ଧନ୍ୟବାଦ ପ୍ରଦାନ କରିଥିଲେ ।


Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray